୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.27. No.48 Bhubaneswar Saturday March 29 2025 | ୨୭ତମ ବର୍ଷ ସଂଖ୍ୟା-୪୮ ଭୁବନେଶ୍ୱର, ଶନିବାର, ମାର୍ଚ୍ଚ ୨୯, ୨୦୨୫ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 | (Air Surcharge - 0.50P) | Member-INS

# ସ୍ୱର୍ଗତ ଡା. ଦେବେନ୍ଦ୍ର ପ୍ରଧାନଙ୍କ ଦ୍ୱାଦଶାହ କାର୍ଯ୍ୟକ୍ରମ ଭୁବନେଶ୍ୱରରେ ଅନୁଷ୍ଠିତ












ଭୁବନେଶ୍ୱର,୨୮ ।୩(ପି.ଏନ): ପୂର୍ବତନ କେନ୍ଦ୍ରମନ୍ତ୍ରୀ ଓ ରାଜ୍ୟ ବିଜେପି ସଭାପତି ସ୍ୱର୍ଗତ ଡା. ଦେବେନ୍ଦ୍ର ପ୍ରଧାନଙ୍କ ଦ୍ୱାଦଶାହ କାର୍ଯ୍ୟକ୍ରମ ଭୁବନେଶ୍ୱରସ୍ଥିତ ସ୍ୱାଧୀନତା ସଂଗ୍ରାମୀ ପଡ଼ିଆରେ ଅନୁଷ୍ଠିତ ହୋଇଯାଇଅଛି । ଓଡ଼ିଶାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି, ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ, ଝାଡ଼ଖଣ୍ଡ ରାଜ୍ୟପାଳ ସନ୍ତୋଷ ଗଙ୍ଗୁଆର, ପୂର୍ବତନ ଦକ୍ଷିଣ ଦିଲ୍ଲୀ ସାଂସଦ ରମେଶ ବିଦୁରି, ରାଜ୍ୟ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ସିନେ ଅଭିନେତା ସବ୍ୟସାଚି ମିଶ୍ର, ଅଭିନେତ୍ରୀ ଅର୍ଚ୍ଚିତା ସାହୁ, ନିର୍ଦ୍ଦେଶକ ସବ୍ୟସାଚୀ ମହାପାତ୍ର, ଅଭିନେତା ଅଶ୍ରୁମୋଚନ, ପୂର୍ବତନ ବିଧାୟକ ପ୍ରିୟଦର୍ଶୀ ମିଶ୍ର, ରାଷ୍ଟ୍ରୀୟ ପତ୍ରକାର ମହାସଂଘ ନୂଆଦିଲ୍ଲୀର ଜାତୀୟ ସଭାପତି ଡକ୍ଟର ପବିତ୍ର ମୋହନ ସାମନ୍ତରାୟ, ଗୁରୁ ମା ଡକ୍ଟର ଅରୁନ୍ଧତି ଦେବୀ, ବରିଷ୍ଠ ସାମ୍ବାଦିକ ପ୍ରଦ୍ୟୁମ୍ନ ଶତପଥୀ, ଅଭିନେତ୍ରୀ ନୈନା , ଅଭିନେତା ପ୍ରିତିକାନ୍ତ, ଫିଲ୍ମ ନିର୍ଦ୍ଦେଶକ ତାପସ ଶଗରିଆ ତଥା ଅନେକ ମାନ୍ୟଗଣ୍ୟ ବ୍ୟକ୍ତି ବିଶେଷ ଉପସ୍ଥିତ ସ୍ୱର୍ଗତ ଡା. ପ୍ରଧାନଙ୍କ ସୁପୁତ୍ର କେନ୍ଦ୍ର ଶିକ୍ଷାମନ୍ତ୍ରୀ ଶ୍ରୀ ଧର୍ମେନ୍ଦ୍ର ପ୍ରଧାନ ଓ ସୌମେନ୍ଦ୍ର ପ୍ରଧାନ, ବୋହୂ ମୃଦୁଳା ପ୍ରଧାନ, ଭଣଜା ବିଧାୟକ ବିଭୂତି ଭୂଷଣ ପ୍ରଧାନଙ୍କୁ ଶାନ୍ତନା ଦେବା ସହ ଅମର ଆତ୍ମାର ସଦ୍‌ଗତି କାମନା କରିଥିଲେ ।






# ପ୍ରଥମ ଥର ନିଆଗଲା ମୂଷା ମସ୍ତିଷ୍କର କ୍ଲାଇଡୋସ୍କୋପିକ୍ ଇମେଜ୍



ବୈଜ୍ଞାନିକମାନେ ନିକଟରେ ମ୍ୟାଗ୍ନେଟିକ ରେଜୋନେନ୍ସ ଇମେଜିଂ (ଏମଆରଆଇ) ସିଷ୍ଟମକୁ ଆହୁରି ଭଲ କରିବାକୁ ଚେଷ୍ଟା କରିଛନ୍ତି। ଏଥିରେ ସେ ଏମଆରଆଇର ରିଜୋଲ୍ୟୁସନକୁ ସାଧାରଣ ଅପେକ୍ଷା ୬.୪ କୋଟି ଗୁଣା ଆହୁରି ବଢାଇ ଦେଇଛନ୍ତି। ସେ ମୂଷାର ମସ୍ତିଷ୍କର ହାଇ ରିଜୋଲ୍ୟୁସନ ଫଟୋ ନେବାକୁ ଏହି ଟେକନିକ୍‌ର ବ୍ୟବହାର କରିଛନ୍ତି। ଏଥିରେ ମୂଷାର ଅଙ୍ଗ ଏପରି ଦେଖାଯାଉଛି, ଯେମିତି ପୂର୍ବରୁ କେବେ ଦେଖା ଯାଉନଥିଲା। ବର୍ତ୍ତମାନ ଏହି ଟେକନିକ୍‌ରେ ଏକ ମୂଷାର ମସ୍ତିଷ୍କର ଫଟୋ ନିଆଯାଇଛି, ଗବେଷକମାନେ ଅନୁମାନ କରିଛନ୍ତି ଖୁବ୍ ଶୀଘ୍ର ଏହି ସ୍କାନ ମନୁଷ୍ୟଙ୍କ ଉପରେ ବି କରାଯାଇପାରେ। ଏହି ଟେକନିକ୍ ଡାକ୍ତରମାନଙ୍କୁ ମାନବ ମସ୍ତିଷ୍କରେ ନ୍ୟୁରୋଡିଜେନେରେଟିଭ୍ ରୋଗ କାରଣରୁ ହେବାକୁ ଥିବା ପରିବର୍ତ୍ତନ ବିଷୟରେ ଜାଣିବାକୁ ସାହାଯ୍ୟ କରିବ। ମାଉସ୍‌ର ସ୍କାନ ବିଷୟରେ ନିକଟରେ ଏକ ଗବେଷଣାରେ କୁହାଯାଇଛି, ଯାହାକି ପିଏନଏଏସ ଜର୍ନଲରେ ପ୍ରକାଶିତ ହୋଇଛି। ଡ୍ୟୁକ୍ ୟୁନିଭର୍ସିଟିରେ ରେଡିଓଲଜିର ଜଣେ ପ୍ରଫେସର ଓ ଗବେଷଣାର ମୁଖ୍ୟ ଲେଖକ ଜୀ ଏଲନ ଜନସନ କହିଛନ୍ତି କି ଏହା ବହୁତ ଆକର୍ଷଣୀୟ। ଏବେ ଆମେ ନ୍ୟୁରୋଡିଜେନେରେଟିଭ୍ ରୋଗ ଗୁଡ଼ିକୁ ଅଲଗା ପ୍ରକାରରେ ଦେଖିବା ଆରମ୍ଭ କରିପାରିବା। ଉଲ୍ଲେଖନୀୟ ଯେ, ଚାରି ଦଶକରୁ ଜନସନ ଓ ତାଙ୍କ ଟିମ୍ ଏମଆରଆଇର ସୁଧାର ଉପରେ କାମ କରୁଛନ୍ତି। ଏମଆରଆଇର ଆବିଷ୍କାର ୫୦ ବର୍ଷ ପୂର୍ବେ ଆମେରିକୀୟ ଡାକ୍ତର ରେମଣ୍ଡ ଦମାଦିୟନ କରିଥିଲେ। ଏହି ଟେକନିକରେ ସୁଧାର ପାଇଁ, ଗବେଷକମାନେ ଏକ ହାଇ ପାୱାରର ୯.୪-ଟେସଲା ମ୍ୟାଗ୍ନେଟ୍ ଥିବା ଏମଆରଆଇ ପ୍ରସ୍ତୁତ କରିଛନ୍ତି। ଅଧିକାଂଶ ଏମଆରଆଇରେ ୧.୫ରୁ ୩ ଟେସା ମ୍ୟାଗ୍ନେଟ୍ ହୋଇଥାଏ।



# ଅଭିନେତ୍ରୀ ଦିଶା ପାଟାନି



ଅଭିନେତ୍ରୀ ଦିଶା ପାଟାନି ଯିଏ ନିଜର ଗ୍ଲାମରସ୍ ଲୁକ୍ ସହିତ ଲୋକଙ୍କୁ ଦିୱାନା କରନ୍ତି। ତାଙ୍କ ବୋଲ୍ଡ ଷ୍ଟାଇଲ୍ ଯୋଗୁଁ ସବୁବେଳେ ଚର୍ଚ୍ଚାକୁ ଆସିଥାନ୍ତି। କିନ୍ତୁ ଏଥର ଦିଶା ନିଜ ଷ୍ଟାଇଲ୍ ପାଇଁ ନୁହେଁ ଆଉ ଏକ କାରଣ ପାଇଁ ଟ୍ରୋଲ ହେଉଛନ୍ତି। ବର୍ତ୍ତମାନ ସେ ବନାରସରେ ପହଞ୍ଚିଛନ୍ତି। ସେଠାରେ ଗଙ୍ଗା ଆରତୀ ପ୍ରଦର୍ଶନ କରୁଥିବା ଦେଖିବାକୁ ମିଳିଥିଲା। କିନ୍ତୁ ଦିଶାଙ୍କ ଗଙ୍ଗା ଆରତୀ ପ୍ରଦର୍ଶନ କରୁଥିବା ଭିଡିଓ ଭାଇରାଲ ହେବା ମାତ୍ରେ ପୋଷାକ ହେତୁ ଟ୍ରୋଲ ହୋଇଯାଇଥିଲେ। ଦିଶା ଭିଡିଓରେ ଏକ ଛୋଟ ଫସଲ ଟପ୍ ପିନ୍ଧିଥିବାର ନଜର ଆସିଥିଲେ। ଦିଶାଙ୍କ ଏହି ଭିଡିଓ ସୋସିଆଲ ମିଡିଆରେ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରୁଛି। ଭିଡିଓରେ, ଆପଣ ଦେଖିବେ ଯେ ଦିଶା ଏକ କଳା ରଙ୍ଗର ଟପ୍ ପିନ୍ଧିଛନ୍ତି ଏବଂ ଏହା ଉପରେ ଏକ ଶାଲ ଘୋଡାଇ ହୋଇଛନ୍ତି। ଭିଡିଓରେ ତାଙ୍କ ଚାରିପାଖରେ କିଛି ଶ୍ରଦ୍ଧାଳୁ ଏବଂ ଭକ୍ତ ନଜର ଆସିଥିଲେ। ଏହି ଅଭିନେତ୍ରୀ ଭିଡିଓରେ ଗଙ୍ଗା ଆଳତୀ କରୁଥିବା ନଜର ଆସିଥିଲେ। କିନ୍ତୁ ଏହି ଭିଡିଓ ଦେଖି ଟ୍ରୋଲରମାନେ ରାଗି ଯାଇଥିଲେ। ଜଣେ ଟ୍ରୋଲର କମେଂଟରେ ଲେଖିଛନ୍ତି- 'ମନରେ ବହୁତ ଦୋଷ ଅଛି ଏବଂ ପାଟିରେ ଗଙ୍ଗା ... ଗଙ୍ଗା ଆସିକି କି ଲାଭ' ଅନ୍ୟ ଜଣେ ଲେଖିଛନ୍ତି- 'ଶସ୍ତା ପବ୍ଲିସିଟି ... ଲଜ୍ଜାଜନକ। ଏହି ଉପାୟରେ ଟ୍ରୋଲରମାନେ ଭିଡିଓରେ ଦିଶାଙ୍କ ବିଷୟରେ ଅନେକ ମନ୍ତବ୍ୟ ଦେଉଛନ୍ତି। କାମ ବିଷୟରେ କହିବାକୁ ଗଲେ ଏହି ଅଭିନେତ୍ରୀ ଖୁବ୍ ଶୀଘ୍ର ସିଦ୍ଧାର୍ଥ ମଲହୋତ୍ରା ଏବଂ ରାଶି ଖାନ୍ନାଙ୍କ ସହ ଫିଲ୍ମ 'ଯୋଦ୍ଧା'ରେ ନଜର ଆସିବେ। ଏହା ବ୍ୟତୀତ ଦିଶାଙ୍କ ହାତରେ 'ପ୍ରୋଜେକ୍ଟ କେ' ଫିଲ୍ମ ରହିଛି। ଏହି ଚଳଚ୍ଚିତ୍ରରେ ସେ ଅମିତାଭ ବଚ୍ଚନ, ପ୍ରଭାସ ଏବଂ ଦୀପିକା ପାଦୁକୋନଙ୍କ ସହ ବଡ ପରଦାରେ ନଜର ଆସିବେ। ଦିଶାଙ୍କୁ ଶେଷ ଥର ପାଇଁ ଫିଲ୍ମ 'ଏକ ଭିଲେନ୍ ରିଟର୍ନସ୍'ରେ ଦେଖିବାକୁ ମିଳିଥିଲା। କିନ୍ତୁ ଏହି ଚଳଚ୍ଚିତ୍ର ବକ୍ସ ଅଫିସରେ ଫ୍ଲପ୍ ହୋଇଥିଲା।

## 'ଧୁମ୍'ର ଅଲି ଚିହ୍ନିବା ମୁସ୍କିଲ୍



ଫିଲ୍ମ 'ଧୁମ୍'ରୁ ଅଲିଙ୍କୁ ତ ସମସ୍ତେ ମନେ ରଖିଥିବେ ତ ... ହଁ, ସେହି ଅଲି ଯିଏ ନିଜ ଫିଟ୍ ଶରୀର ସହିତ ଲୋକଙ୍କ ହୋସ୍ ଉଡାଇ ଦେଇଥିବା। କିନ୍ତୁ ବର୍ତ୍ତମାନ ଏହି ଅଲି ମୋଟା ହେବାରେ ଲାଗିଛନ୍ତି। ଯଶ ଚୋପ୍ରାଙ୍କ ପତ୍ନୀ ପାମେଲା ଚୋପ୍ରାଙ୍କ ମାଆ ୨୦ ଏପ୍ରିଲରେ ୭୪ ବର୍ଷ ବୟସରେ ଦେହାନ୍ତ ହୋଇଥିଲେ। ପାମେଲାଙ୍କ ମୃତ୍ୟୁ ଖବର ସମସ୍ତଙ୍କୁ ଚକିତ କରିଥିଲା। ଏହି ସମୟରେ ଉଦୟ ଚୋପ୍ରାଙ୍କ ଘରୁ ବାହାରକୁ ଆସୁଥିବା ଭିଡିଓ ସାମ୍ନାକୁ ଆସିଥିଲା। ଏହି ଭିଡିଓ ଦେଖିଥିବା ବ୍ୟକ୍ତି ଆଶ୍ଚର୍ଯ୍ୟ ହୋଇଯାଇଥିଲେ। କାରଣ 'ଧୁମ୍' ଚଳଚ୍ଚିତ୍ରର ଅଲି ଆଉ ସମାନ ନୁହଁନ୍ତି। ଲୋକମାନେ ତାଙ୍କ ଧଳା କେଶ ଦେଖି ଏବଂ ପେଟ ବାହାରିଥିବା ଦେଖି ତାଙ୍କୁ ଚିହ୍ନି ପାରିଲେ ନାହିଁ। ମା ପାମେଲା ଚୋପ୍ରାଙ୍କର ମୃତ୍ୟୁ ହୋଇଥିଲା। ଏହି ଅବସରରେ, ଉଦୟଙ୍କ ଫଟୋ ଏବଂ ଭିଡିଓରେ ଅତ୍ୟନ୍ତ ଭାବପ୍ରବଣ ଦେଖାଯାଉଥିଲେ। ଏହି ସମୟରେ ଅଭିନେତାଙ୍କ ଲୁକ ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଥିଲା। ଉଦୟଙ୍କ ଚେଞ୍ଜ୍ ଲୁକଙ୍କ ଶରୀର ବର୍ତ୍ତମାନ ସମ୍ପୂର୍ଣ୍ଣ ଓଲଟପାଲଟ ହୋଇଯାଇଛି। ବର୍ଦ୍ଧିତ ଓଜନ, ଧଳା କେଶ ଏବଂ ପେଟ ବଢିବା ଦେଖି ଆପଣ ଏହା ମଧ୍ୟ କହିବେ ଯେ ସେ ଅଲି ନୁହଁନ୍ତି। ଏହି ଫଟୋ ଗୁଡ଼ିକରେ, ଅଭିନେତାଙ୍କ ପରିବର୍ତ୍ତନ ହୋଇଥିବାର ଦେଖି ଚିହ୍ନିବା କଷ୍ଟକର ହୋଇଯାଇଥିଲା। ଫଟୋ ଗୁଡ଼ିକରେ ଉଦୟ ଚୋପ୍ରା ଧଳା ରଙ୍ଗର କୁର୍ତ୍ତା ଏବଂ କଳା ଚଷମା ପିନ୍ଧିଥିଲେ। ପ୍ରଶଂସକମାନେ ମଧ୍ୟ ଅଭିନେତାଙ୍କର ଏହି ଲୁକ୍ ଦେଖି ଆଶ୍ଚର୍ଯ୍ୟ ହୋଇଯାଇଛନ୍ତି। ସେମାନେ କହିଛନ୍ତି ଯେ ଧୁମ୍‌ରେ ଫିଟ୍ ଦେଖାଯାଉଥିବା ଅଭିନେତାଙ୍କ ସହିତ କ'ଣ ହେଲା। କହିବାକୁ ଗଲେ ଉଦୟ ଫିଲ୍ମ 'ମୋହବତେନ' ରୁ କ୍ୟାରିୟର ଆରମ୍ଭ କରିଥିଲେ। ଏହି ଚଳଚ୍ଚିତ୍ର ତାଙ୍କ କ୍ୟାରିଅରରେ କାମ କରିନଥିଲା।

ବୈଜ୍ଞାନିକଙ୍କୁ ଆଶ୍ଚର୍ଯ୍ୟ କଲା ଏକ ନୂଆ ପ୍ରଜାତିର ଜୀବ। ହଂକଂର ଏକ ବିଶ୍ୱବିଦ୍ୟାଳୟରେ ଗବେଷକଙ୍କ ଏକ ଟିମ୍ ବକ୍ସ ଜେଲିଫିସ ଭଳି ଦେଖିବାକୁ ଏକ ନୂଆ ପ୍ରଜାତିକୁ ଆବିଷ୍କାର କରିଛନ୍ତି। ଗବେଷକଙ୍କ ମୁତବିକ, ଜେଲିଫିସର ଏହି ନୂଆ ପ୍ରଜାତିର ନାଁ ତ୍ରିପେଡାଲିଆ ମାଇପୋଏନ୍ସିସ ଦିଆଯାଇଛି। ବିଶ୍ୱବିଦ୍ୟାଳୟ ପକ୍ଷରୁ ଜାରି ଏକ ପ୍ରେସ୍ ରିଲିଜ୍‌ରେ କୁହାଯାଇଛି କି, ରିସର୍ଚ୍ଚରୁ ଜଣାପଡ଼ିଥିବା ଏହି ନୂଆ ପ୍ରଜାତି ବିଷୟରେ ଆହୁରି ଜାଣିବାକୁ ଗବେଷକମାନେ କାମ କରିବା ଆରମ୍ଭ କରି ଦେଇଛନ୍ତି। ସବୁଠୁ ଆଶ୍ଚର୍ଯ୍ୟର କଥା ଏହା କି ତ୍ରିପେଡାଲିଆ ମାଇପୋଏନ୍ସିସ ନାମକ ଏହି ପ୍ରଜାତି ୨୪ ଆଖି ବିଶିଷ୍ଟ। ଏହି ପ୍ରଜାତିର ୨୪ ଆଖି ୪ ଗ୍ରୁପ୍‌ରେ ରହିଛି। ଜେଲିଫିସ୍ ପରି ଏଥିରେ ୧୦ ସେଂଟିମିଟର ଯାଏ ଲମ୍ବା ୩ଟି ଟେଂଟ ତିଆରି ହୋଇଛି, ଯାହା ନାବର ପେଡାଲ ପରି ଦେଖିବାକୁ। ଏହି ଟେଂଟ ଏହାର ଶରୀର ଆକୃତିକୁ ଦୃଢତା ପ୍ରଦାନ କରିଥାଏ। ପାରେ। ଗବେଷକଙ୍କ ଅନୁସାରେ ୨୪ ଟି ଆଖି ଥିବା ଏହି ପ୍ରଜାତିରେ ୨ଟି ଆଖି ରହିଛି, ଯାହା ସାହାଯ୍ୟରେ ଏହା ଦେଖିପାରେ। ଅନ୍ୟ ୪ଟି କେବଳ ଆଲୋକକୁ ଅନୁଭବ କରିପାରେ। ଏହି ପ୍ରଜାତିର ଆବିଷ୍କାର ପରେ ସମୁଦ୍ରରେ ଜୈବ ବିବିଧତା ବଢିବାର ସଙ୍କେତ ନଜର ଆସୁଛି।




## ଫଟୋଗ୍ରାଫରଙ୍କ ପ୍ରଶ୍ନରେ ଲାଜେଇ ଗଲେ ପରିଣୀତି

ବଲିଉଡ ଅଭିନେତ୍ରୀ ପରିଣୀତି ଚୋପ୍ରା ଆମ୍ ଆଦମୀ ପାର୍ଟିର ନେତା ରାଘବ ଚଢାଙ୍କ ପ୍ରେମ ସମ୍ପର୍କ ଏବେ ସମସ୍ତଙ୍କ ସାମ୍ନାକୁ ଆସିଛି। ବର୍ଲମାନ ଉଭୟଙ୍କ ସମ୍ପର୍କ ଯୋଗୁଁ ଅଛନ୍ତି। ପରିଣୀତି ଏବଂ ରାଘବ ପ୍ରାୟତଃ ଦୁହେଁ ଏକାଠି ନଜର ଆସୁଛନ୍ତି। ଯାହା ପରେ ଏଭଳି ଖବର ମଧ୍ୟ ଶୁଣିବାକି ମିଳିଲା ଯେ ଦୁହେଁ ଗୁପ୍ତରେ ନିର୍ବନ୍ଧ କରିସାରିଛନ୍ତି। ଖୁବ୍‌ଶୀଘ୍ର ବିବାହ କରିବାକୁ ଯାଉଛନ୍ତି। ଅନେକ ଗଣମାଧ୍ୟମ ରିପୋର୍ଟରେ ଦାବି କରାଯାଉଛି ଯେ ରାଘବ ଏବଂ ପରି ଚଳିତ ବର୍ଷ ଅକ୍ଟୋବର ମାସରେ ସାତ ଫେରା ନେବାକୁ ଯାଉଛନ୍ତି। ଏହି ସମୟରେ ପରିଙ୍କୁ ବିମାନବନ୍ଦରରେ ଦେଖିବାକୁ ମିଳିଥିଲା। ଯେଉଁଠାରେ ଅଭିନେତ୍ରୀଙ୍କୁ ରାଘବଙ୍କ ସହ ତାଙ୍କ ବିବାହ ଖବର ଉପରେ ପ୍ରଶ୍ନ ପଚରାଯାଇଥିଲା। ଏହି ପ୍ରଶ୍ନଗୁଡିକ ଶୁଣି ହସିବାକୁ ଲାଗିଲେ। ଭିଡିଓରେ ପାପାରାଜି ଅଭିନେତ୍ରୀଙ୍କୁ ପଚାରିଛନ୍ତି ଯେ ଆମେ ସମସ୍ତେ 'ଲଡକିୱାଲ୍' ହୋଇ ବିବାହ ଉତ୍ସବରେ କେବେ ଯୋଗ ଦେବୁ ପରି କୁହନ୍ତି, 'ତୁମେ ସମସ୍ତେ ପାଗଳ ହୋଇଯାଇଛ କି' କହି ହସି ହସି ପଳାନ୍ତି।




# ସ୍ମୃତିରେ ଭକ୍ତକବି ମଧୁସୂଦନ ରାଓ





ଓଡ଼ିଆ ଭାଷା ସାହିତ୍ୟ ସୁରକ୍ଷାର ଅନ୍ୟତମ ବିନ୍ଧାଣୀ ଥିଲେ ଭକ୍ତକବି ମଧୁସୂଦନ ରାଓ। ଯୋଗଜନ୍ମା ସାଧକ ୧୮୫୩ ମସିହା ଶ୍ରୀପଞ୍ଚମୀ ତିଥିରେ ପୁରୀ ଜିଲ୍ଲାର କୁଣ୍ଡେଇବେ ସାହିରେ ପିତା ଭାଗୀରଥି ରାଓ ଓ ମାତା ଅମ୍ବିକା ବାଈ କୋଳମଣ୍ଡନ କରି ଜନ୍ମଗ୍ରହଣ କରିଥିଲେ। ୧୯୧୨ ମସିହା ଡିସେମ୍ବର ୨୮ ତାରିଖରେ ତାଙ୍କର ଦେହବସାନ ହେଲା। ହେଲେ ଭକ୍ତିଭାବ ଓ ଈଶ୍ୱରଙ୍କ ସତ୍ତାକୁ ନିଜ କାବ୍ୟ କବିତାରେ ପ୍ରକାଶ କରିବାର ଅସାଧାରଣ ସାମର୍ଥ୍ୟ ପାଇଁ ସେ ଭକ୍ତକବି ମଧୁସୂଦନ ଭାବେ ସୁପରିଚିତ। ପଲ୍ଲୀକବି ନନ୍ଦକିଶୋରଙ୍କ ଭାଷାରେ-

***ହେ ବରେଣ୍ୟ ଦେବ ଶ୍ରୀଚରଣେ ତବ ହୁଏ ମୁଁ ଭୂମିଷ୍ଠ ପ୍ରଣତ, ଯାବତ ଜୀବନ ଆଦର୍ଶ ସ୍ୱରୂପେ/ବିରାଜ ମୋ ପ୍ରାଣେ ସନ୍ତତ, ହେ ଦେବ! ଉତ୍କଳର ଇତିହାସରେ/"ଶ୍ରୀ ମଧୁସୂଦନ ଭକ୍ତକବି ନାମ" ରହିଲା ସୁବର୍ଣ୍ଣ ଅକ୍ଷରେ।***

ଗ୍ରାମ ଚାଟଶାଳୀରୁ ଶିକ୍ଷା ଆରମ୍ଭ କରି ଭୁବନେଶ୍ୱରର ଏକ ମାଇନର ସ୍କୁଲରେ ଶିକ୍ଷାଲାଭ କରିଥିଲେ। ଏହି ସମୟରେ ବିଭାଗୀୟ ସ୍କୁଲ ଇନ୍ସପେକ୍ଟରଙ୍କ ସୁନଜର ତାଙ୍କ ଉପରେ ପଡିଲା। ମଧୁସୂଦନଙ୍କ ପିତୃମାତୃ ଭକ୍ତି, ବିନୟୀ ସ୍ୱଭାବ ଓ ଜ୍ଞାନର ଅନୁରାଗ ଦେଖି ସେ ଅତ୍ୟନ୍ତ ପ୍ରୀତ ହୋଇଗଲେ। ଏହାପରେ ସେ ମଧୁସୂଦନଙ୍କୁ ବିନା ଦରମାରେ ପଢିବା ପାଇଁ ପୁରୀ ଜିଲ୍ଲା ସ୍କୁଲକୁ ସୁପାରିଶ ପତ୍ର ଲେଖିଦେଲେ। ଏହି ସମୟରେ କବିବର ରାଧାନାଥ ରାୟଙ୍କ ଭଳି ବରପୁତ୍ରଙ୍କ ସଂସ୍ପର୍ଶରେ ଆସିବାର ସୁଯୋଗ ପାଇଥିଲେ। ଏଇଠାରୁ ତାଙ୍କର ଜୀବନର ଗତିପଥ ବଦଳିଗଲା। ଦୃଢ ଇଚ୍ଛାଶକ୍ତି, ପ୍ରଗାଢ ଚେଷ୍ଟା ଓ ଅଦମ୍ୟ ଉତ୍ସାହକୁ ପାଥେୟ କରି ମଧୁସୂଦନ ୧୮୬୯ ମସିହାରେ ଏଣ୍ଟ୍ରାନ୍ସ ଶ୍ରେଣୀରେ କୃତିତ୍ୱର ସହ ପାଶ୍ କଲେ। ପରେ ସରକାରୀ ବୃତ୍ତି ପାଇ ଏଫ୍.ଏ. ପଢିବା ପାଇଁ କଟକ ଆସିଲେ। ୧୮୭୧ ମସିହାରେ ସେ କୃତିତ୍ୱର ସହ ଏଫ୍.ଏ. ପରୀକ୍ଷାରେ ଉତ୍ତୀର୍ଣ୍ଣ ହେଲେ। ପରବର୍ତ୍ତୀ ସମୟରେ କଲିକତାରେ ବି.ଏ. ପଢିବାକୁ ଇଚ୍ଛା ଥିଲେ ମଧ ବାପାଙ୍କ କଥାକୁ ସମ୍ମାନ ଜଣାଇ ସେ ସେଥିରୁ ନିବୃତ୍ତ ରହିଥିଲେ। ଘଟଣାକ୍ରମେ ସେ ପ୍ରଥମେ ପୁରୀ ଜିଲ୍ଲା ସ୍କୁଲର ଦ୍ୱିତୀୟ ଶିକ୍ଷକ ଭାବେ କାର୍ଯ୍ୟରତ ରହି ପ୍ରଶଂସିତ ହୋଇପାରିଥିଲେ। ପ୍ରକୃତରେ ସେ ଥିଲେ ଜଣେ ଛାତ୍ରବତ୍ସଳ ଶିକ୍ଷକ ଓ ଦିଗ୍‌ଦର୍ଶକ ମଧ। ତାଙ୍କର କଥନ, ଚିନ୍ତନ, କର୍ମ ଓ ଆଚରଣ ସବୁ ସମାନ ଥିଲା, ଯାହାର ପ୍ରଭାବ ବିଦ୍ୟାର୍ଥୀମାନଙ୍କ ଉପରେ ଗଭୀର ରେଖାପାତ କରୁଥିଲା। ଏହା ଅନସ୍ୱୀକାର୍ଯ୍ୟ ଯେ ବ୍ୟାସକବି ଫକୀରମୋହନ, କବିବର ରାଧାନାଥ ଓ ସ୍ୱଭାବକବି ଗଙ୍ଗାଧର ଆଧୁନିକ ଓଡିଆ ସାହିତ୍ୟକୁ ଉନ୍ନତିର ଚରମସୀମାରେ ପହଞ୍ଚାଇ ପାରିଛନ୍ତି। କିନ୍ତୁ ତୃଣମୂଳ ସ୍ତରରୁ ଓଡିଆ ଭାଷାର ଶିକ୍ଷା, ଲିଖନ ଓ ପଠନକୁ ସାର୍ବଜନୀନ କରିବା ପାଇଁ ଭକ୍ତକବି ମଧୁସୂଦନ ରାଓଙ୍କ ଅବଦାନ ଅତୁଳନୀୟ। ଏଥିପାଇଁ ତାଙ୍କ ରଚିତ "ବର୍ଣ୍ଣବୋଧ" ଏକ ପ୍ରମୁଖ ଆଦ୍ୟ ପାଠ୍ୟପୁସ୍ତକ ହିସାବରେ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରେ। କୁହାଯାଏ, ଓଡିଶାରେ ଜନ୍ମଲାଭ କରି ଯିଏ ମଧୁସୂଦନ ରାଓଙ୍କ ବର୍ଣ୍ଣବୋଧ ବହି ପଢିନାହିଁ, ସେ କଦାପି ଓଡିଆ ନୁହେଁ। ବାସ୍ତବିକ୍ ମଧୁସୂଦନଙ୍କ ବର୍ଣ୍ଣବୋଧ ବହି ହେଉଛି ଓଡିଆ ଜନଜୀବନର ଜ୍ଞାନଭଣ୍ଡାରର ଏକ ମୂଳକୋଷ। କୌଣସି ବନାନ ବ୍ୟବହାର ନକରି ସେ ଲେଖିଛନ୍ତି-

***"କଟକ ନଗର ଧବଳ ଟଗର***
***ଜଳ ବରଷଇ ଚଇତ ଚଷଇ"***

କେବଳ ବର୍ଣ୍ଣବୋଧ ନୁହେଁ, ଭକ୍ତକବିଙ୍କର ସୃଜନଶୀଳତାର ଚଉହଦୀ ବେଶ୍ ପ୍ରସାରିତ ଥିଲା। ବର୍ଣ୍ଣବୋଧ ବ୍ୟତୀତ ଶିଶୁବୋଧ, ସାହିତ୍ୟ କୁସୁମ ଓ ସାହିତ୍ୟ ପ୍ରସଙ୍ଗ ଆଦି କାବ୍ୟ କବିତା ପୁସ୍ତକ ତତ୍‌କାଳୀନ ଓଡିଆ ଭାଷାରେ ପରିଲକ୍ଷିତ ହୋଇଥିବା ଉତ୍କଟ ଅଭାବକୁ ପୂରଣ କରିବାରେ ସକ୍ଷମ ହୋଇଥିଲା। ତାଙ୍କର ରଚିତ ଛାନ୍ଦମାଳାରେ ସେ ପ୍ରଭାତ, ସଂଧ୍ୟା, ଷଡଋତୁ, ଜନ୍ମଭୂମି, ମୋ ଜନନୀ ସ୍ତବ ଆଦି ପ୍ରକାଶିତ ହୋଇଥିଲା, ଯାହାକି ସ୍ୱ-ଦେଶପ୍ରେମ ଓ ରାଜ୍ୟର ଗୌରବୋଜ୍ଜ୍ୱଳ ଐତିହାସିକ ଗାଥା କହେ। ସେହିପରି ତାଙ୍କ ରଚିତ ମୂଲ୍ୟବୋଧଭିତ୍ତିକ କବିତା "ଜୀବନ ଚିନ୍ତା" ଓଡିଆ ସାହିତ୍ୟ ଜଗତରେ ଏକ ଅମୂଲ୍ୟ ସମ୍ପଦ ହୋଇ ରହିବ। ଭକ୍ତକବିଙ୍କର "ନିର୍ବାସିତର ବିଳାପ" ଏକ ଅନନ୍ୟ ଅନୁବାଦ କବିତା। ଏହାକୁ ଅନୁବାଦ କରିବାକୁ ଯାଇ ସେ ଲେଖିଥିଲେ-

***"ବିଜନତା! କାହିଁ ତୋ ବେଶ ମୋହନ?***
***ଯେ ବେଶେ ମୋହିଲୁ ତୁ ମୁନି ନୟନ।***
***ବରଂ ନିବାସ ଭଲ ରଣ କ୍ଷେତ୍ରରେ***
***ଭୟରେ ସଦା ଯହିଁ ହୃଦୟ ଥରେ॥"***

ପୁଣି ଆଉ ଏକ ପଂକ୍ତିକୁ ଅନୁବାଦ କରିବାକୁ ଯାଇ ସେ ଲେଖିଛନ୍ତି -

***"କାହିଁ ବନ୍ଧୁତା କାହିଁ ପ୍ରେମ ସୁନ୍ଦର***
***ଯାର ପ୍ରାପତି ଲାଗି ଦେବତା ନର।"***

ଉତ୍କଳମାତାର ଏହି ପ୍ରତିଭାଦୀପ୍ତ ମଣିଷ ଆଜି ଆମ ଗହଣରେ ନାହାଁନ୍ତି। ହେଲେ ତାଙ୍କ ସାରସ୍ୱତ ସାଧନା ବିଶେଷ କରି ଓଡିଆ ଭାଷାର ଏକ ପ୍ରମୁଖ ପାଠ୍ୟପୁସ୍ତକ 'ବର୍ଣ୍ଣବୋଧ' ପାଇଁ ସେ ସବୁଦିନ ପାଇଁ ମନେରହିବେ।

**-ହିମାଂଶୁଶେଖର ଆଚାର୍ଯ୍ୟ**
***ଜଗତସିଂହପୁର, ମୋ-୯୩୩୭୨୨୧୯୨୪***

# ଚଟ୍ଟଳ ଶକ୍ତିପୀଠ, ବଙ୍ଗଳାଦେଶ





ସମୁଦ୍ର ପଉନରୁ ୩୫୦ ମିଟର ଉଚ୍ଚରେ ଭଗବାନ ଚନ୍ଦ୍ରଶେଖର ଶିବଙ୍କର ମନ୍ଦିର ଅବସ୍ଥିତ। ଏଠାରେ ମାତା ସତୀଙ୍କ ଡ଼ାହାଣ ହାତଖଣ୍ଡ ପଡ଼ିଥିଲା। ଏଠାକାର ଶକ୍ତି ଭବାନୀ ତଥା ଶିବ ଚନ୍ଦ୍ରଶେଖର ରୂପେ ପୂଜା ପାଉଛନ୍ତି। ଏହା ନିକଟରେ ହିଁ ସୀତାକୁଣ୍ଡ, ବ୍ୟାସକୁଣ୍ଡ, ସୂର୍ଯ୍ୟକୁଣ୍ଡ, ବ୍ରହ୍ମକୁଣ୍ଡ, ବାଡ଼ବକୁଣ୍ଡ, ଲବଣାକ୍ଷ ତୀର୍ଥ, ସହସ୍ରଧାରାର ଜନକୋଟି ଶିବ ମଧ୍ୟ ଅଛନ୍ତି।

ଆଦିଶକ୍ତିପୀଠ ଚାରିଟି ବୋଲି କୁହାଯାଉଛି। କାଳିକା ପୁରାଣରେ ଶକ୍ତିପୀଠଗୁଡ଼ିକର ସଂଖ୍ୟା ଛବିଶ କୁହାଯାଉଛି। ଶିବ ଚରିତ ଅନୁସାରେ ଶକ୍ତିପୀଠଗୁଡ଼ିକର ସଂଖ୍ୟା ଏକାବନ। ଭାଗବତରେ ଶକ୍ତିପୀଠଗୁଡ଼ିକର ସଂଖ୍ୟା ୧୦୮ ବୋଲି କୁହାଯାଉଛି। ମାତ୍ର ତନ୍ତ୍ର ଚୂଡ଼ାମଣି, ମାର୍କଣ୍ଡେୟ ପୁରାଣ ଅନୁସାରେ ଶକ୍ତିପୀଠଗୁଡ଼ିକର ସଂଖ୍ୟା ବାଉନ। ତେବେ ଶକ୍ତିପୀଠଗୁଡ଼ିକୁ ନେଇ ବିଭିନ୍ନ ଗ୍ରନ୍ଥରେ ଭିନ୍ନ ଭିନ୍ନ କଥା କୁହାଯାଇଛି। ଦେବୀ ପୁରାଣରେ ଏକାବନଟି ଶକ୍ତିପୀଠ ସଂପର୍କରେ ବର୍ଣ୍ଣନା କରା ଯାଇଛି। ଦେବୀଙ୍କର ଏହି ଶକ୍ତିପୀଠ ବଙ୍ଗଳା ଦେଶର ଚଟଗାଁ ଠାରୁ ୩୮ କିଲୋମିଟର ଦୂର ସୀତାକୁଣ୍ଡ ଷ୍ଟେସନ ପାଖ ଚନ୍ଦ୍ରଶେଖର ପର୍ବତ ଉପରେ ଅବସ୍ଥିତ।

ଭାରତ ଏକ ପୂଣ୍ୟଭୂମି, ଖାସ ଏହାର ଦେବୀ ଦେବତାଙ୍କୁ ନେଇ। ସୃଷ୍ଟି ଆରମ୍ଭରୁ ପ୍ରତ୍ୟେକ ସ୍ଥାନର ନିଜସ୍ୱ ସ୍ୱତନ୍ତ୍ରତା ଅଛି, ଯାହା ଅଜଣା, କେବଳ ଇତିହାସର ରୂପାନ୍ତର। ଶକ୍ତିପୀଠ, ଯାହା ଏକ ରହସ୍ୟପୂର୍ଣ୍ଣ ଗାଥା, ପ୍ରାୟତଃ ଜନମାନସରେ ଅଗୋଚର ହୋଇ ରହିଛି। ହିନ୍ଦୁ ଶାସ୍ତ୍ର ଅନୁଯାୟୀ ବ୍ରହ୍ମାଣ୍ଡ ସରଂଚନା ପାଇଁ ଭଗବାନ ବ୍ରହ୍ମା, ଭଗବାନ ମହାଦେବ ଓ ଭଗବାନ ବିଷ୍ଣୁ






ତାଙ୍କର ତଥାକଥିତ ମାତା ଆଦିଶକ୍ତିଙ୍କୁ ସନ୍ତୁଷ୍ଟି ପାଇଁ ଏକ ଯଜ୍ଞର ଆୟୋଜନ କଲେ। ମା'ଶକ୍ତି ମଧ୍ୟ ଏଥିରେ ବ୍ରହ୍ମାଙ୍କୁ ସହଯୋଗ ଦେଲେ। ତେବେ ବ୍ରହ୍ମାଙ୍କ ପୁତ୍ର ଦକ୍ଷରାଜ ପିତାଙ୍କ ନିର୍ଦ୍ଦେଶରେ ମା' ଶକ୍ତିଙ୍କୁ ନିଜର ଝିଅ ରୂପରେ ପାଇବାକୁ ବିଭିନ୍ନ ଯଜ୍ଞ ଆଦି ଉପାସନା କଲେ। ଶେଷରେ ମା'ଶକ୍ତି ମାନବ ରୂପରେ ଜନ୍ମ ନେଲେ। ଏହା ପଛରେ ବ୍ରହ୍ମାଙ୍କର ଉଦ୍ଦେଶ୍ୟ ଥିଲା ଯେ, ଭଗବାନ ଶିବଙ୍କ ସହ ଶକ୍ତିଙ୍କର ମିଶ୍ରଣ କରାଇ ସୃଷ୍ଟି ସଂରଚନା କରିବା ପାଇଁ। ସେଥିପାଇଁ ସେ ତାଙ୍କର ନାମକରଣ କରିଥିଲେ ସତୀ। ମାତ୍ର କୌଣସି ପ୍ରକାର ମାତା ସତୀଙ୍କୁ ଶିବ ବିବାହ କରି କୈଳାଶ ପର୍ବତ ନେଇଗଲେ। ଏହା ଜାଣିପାରି ଦକ୍ଷଙ୍କ ରାଗ ଚରମ ସୀମାରେ ପହଂଚିଗଲା। ଶିବଙ୍କୁ ସବୁ ଦେବୀ ଦେବତାଙ୍କ ସାମ୍ନାରେ ଅପମାନିତ କରିବା ପାଇଁ ଦକ୍ଷ ମୁନିମଣ୍ଡଳ (ଆନ୍ଧ୍ର ପ୍ରଦେଶର ମୁରାମଲ୍ଲା) ଠାରେ ଏକ ଯଜ୍ଞର ଆୟୋଜନ କଲେ। ଝିଅ ସତୀ ଓ ଜ୍ୱାଇଁ ଶିବଙ୍କୁ ନିମନ୍ତ୍ରଣ କଲେ ନାହିଁ। ଏଥିରେ ନିଜକୁ ଅପମାନିତ ବୋଧ କରି ସତୀ ସ୍ୱଂୟ ବାପାଙ୍କ ଯଜ୍ଞ ସ୍ଥଳରେ ପହଂଚି ଯାହା ଦେଖିଲେ ଆଖିକୁ ବିଶ୍ୱାସ କଲେ ନାହିଁ। ବାପା ଦକ୍ଷ କିଛି ଆଦର ଗଉର ନକରି ଝିଅ ଜ୍ୱାଇଁଙ୍କୁ ଅପମାନ ସୂଚକ ଶବ୍ଦ ସବୁ ଶୁଣାଇଲେ। ସେହିକ୍ଷଣି ବାପାଙ୍କ ଅପମାନକୁ ସହ୍ୟ କରି ନପାରି ମାତା ସତୀ ଅଗ୍ନି କୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣି ସେଠାରେ ପହଞ୍ଚିଲେ ଓ ଗଭୀର ଦୁଃଖରେ ସତୀଙ୍କ ମର ଶରୀର ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ଏହାଦ୍ୱାରା ସାରା ବ୍ରହ୍ମାଣ୍ଡ ପ୍ରକମ୍ପିତ ହୋଇ ଉଠିଲା। ସବୁଆଡ଼େ ଚାଲିଲା ଧ୍ୱଂସଲୀଳା। ଦେବ ଦେବୀ ମାନେ ଏହାର ସମାଧାନ ବା ଭଗବାନ ଶିବଙ୍କ କ୍ରୋଧକୁ ଶାନ୍ତ କରିବା ପାଇଁ କିଛି ଉପାୟ ବାହାର କରିବାକୁ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଧ୍ୱଂସଲୀଳା ବନ୍ଦ କରି ବ୍ରହ୍ମାଣ୍ଡରେ ଶାନ୍ତି ସ୍ଥାପନ ପାଇଁ ଭଗବାନ ବ୍ରହ୍ମା ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଭଗବାନ ବିଷ୍ଣୁ ଅନୁଭବ କଲେ ଯେ, ଯେପର୍ଯ୍ୟନ୍ତ ଭଗବାନ ଶିବଙ୍କ ହସ୍ତରୁ ମାତା ସତୀଙ୍କ ମର ଶରୀର ଅଲଗା ହୋଇନାହିଁ, ସେପର୍ଯ୍ୟନ୍ତ ଭଗବାନ ଶିବ ଶାନ୍ତ ହେବେ ନାହିଁ କି ବ୍ରହ୍ମାଣ୍ଡ ଧ୍ୱଂସାଭିମୁଖିରୁ ବର୍ତ୍ତିବ ନାହିଁ। ଏଣୁ ବ୍ରହ୍ମାଣ୍ଡ ରକ୍ଷା ପାଇଁ ସଙ୍ଗେସଙ୍ଗେ ଭଗବାନ ଶିବ ଧରିଥିବା ମାତା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମା ରହିତ କରିବାକୁ ଭଗବାନ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ।

କିଛିକ୍ଷଣ ମଧ୍ୟରେ ସୁଦର୍ଶନ ଚକ୍ର ମା'ସତୀଙ୍କ ଶରୀରକୁ ଖଣ୍ଡ ବିଖଣ୍ଡିତ କରିଦେଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ ସ୍ଥାନରେ ବିଞ୍ଚିହୋଇ ପଡ଼ିଲା। ଦୁଃଖରେ ମ୍ରିୟମାଣ ଭଗବାନ ଶିବ ସତୀଙ୍କ ବିଖଣ୍ଡିତ ଅଙ୍ଗ ଖୋଜିବା ଆରମ୍ଭ କଲେ। ଏଥିରେ ସହାୟତା କଲେ ଭଗବାନ ଭୈରବ। ସର୍ବ ଶେଷରେ ମାତା ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସମେତ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡ ଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ଭଗବାନ ବ୍ରହ୍ମା। ସେହି ଦୁର୍ଲଭ ସ୍ଥାନ ଗୁଡ଼ିକୁ ଭଗବାନ ବ୍ରହ୍ମା, ଭଗବାନ ବିଷ୍ଣୁ ଓ ଭଗବାନ ଶିବ ମିଶି ଶକ୍ତି ପୀଠର ମାନ୍ୟତା ଦେଲେ।

ଚଟ୍ଟଳ ଶକ୍ତିପୀଠରେ ମାତା ସତୀଙ୍କର ଡ଼ାହାଣ ହାତ ପଡ଼ିଥିଲା। ଏଠାରେ ମାତା ସତୀଙ୍କୁ 'ଭବାନୀ' ଏବଂ ଭଗବାନ ଶିବଙ୍କୁ 'ଚନ୍ଦ୍ରଶେଖର' ଭାବରେ ପୂଜା କରାଯାଏ। ବର୍ଷର ସବୁ ସମୟରେ ମାତା 'ଭବାନୀ'ଙ୍କର ମନ୍ଦିରରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଗହଳି ଲାଗି ରହିଥାଏ। ମାତା 'ଭବାନୀ' ଦେବୀଙ୍କର ମନ୍ଦିରର ଅପରୂପ ଶୋଭା ଦେଖିବା ଭଳି ହୋଇଥାଏ। ବାଡ଼ବ କୁଣ୍ଡରୁ ନିରନ୍ତର ଅଗ୍ନି ବାହାରୁ ଥାଏ। ଶିବରାତ୍ରୀ ଉତ୍ସବ ବେଳେ ଏଠାରେ ବଡ଼ ଧରଣର ମେଳା ବସିଥାଏ। ଏଥିପାଇଁ ଲକ୍ଷ ଲକ୍ଷ ଭକ୍ତ ଓ ଶ୍ରଦ୍ଧାଳୁ ମୁଖ୍ୟତଃ ମା' 'ଭବାନୀ' ଦେବୀଙ୍କୁ ପୂଜା କରିବାକୁ ଆସିଥାନ୍ତି। ଏଠାକାର ପୂଜାବିଧିର ପ୍ରତ୍ୟେକ କାର୍ଯ୍ୟକ୍ରମ ଖୁବ୍ ଆନନ୍ଦଦାୟକ ଓ ମନୋରମ।




**ଶରତ କୁମାର ରାଉତ, ଭୁବନେଶ୍ୱର, ମୋ: ୯୩୩୭୩୬୯୪୪୮/୯୪୩୭୪୪୧୦୭୨**

# ରାୟଗଡ଼ା ରେଳ ଡ଼ିଭିଜନର ଭିତ୍ତିପ୍ରସ୍ତର ସ୍ଥାପନ

ରାୟଗଡ଼ା : ରାଜ୍ୟରେ ସରକାର ଗଠନ ହେବାପରେ ପ୍ରଥମ ଥର ରାୟଗଡ଼ା ଆସି ମୁଖ୍ୟମନ୍ତ୍ରୀ ମୋହନ ମାଝି ରେଳ ଡିଭିଜନ ଉଦ୍ଘାଟନ କଲେ। ରାୟଗଡ଼ା ରେଳ ଡିଭିଜନ ନିମନ୍ତେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶିଳାନ୍ୟାସ ଜମ୍ମୁ ଠାରେ ରହି ଭରଚୁଆଲ ମୋଡରେ ଯୋଗଦେଇ ଥିବା ବେଳେ ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ମାଝୀ ରାୟଗଡାରେ ଉପସ୍ଥିତ ରହିଥିଲେ। ରାୟଗଡା ଜ଼ିଲ୍ଲା ରେଳଡ଼ିଭିଜନ ନେଇ ଯେଉଁ ସ୍ୱପ୍ନ ଦୀର୍ଘ ୬ ବର୍ଷରୁ ଉର୍ଦ୍ଧ ହେବ ଦେଖିରହିଥିଲେ ତାହା ପୂରଣ ହୋଇଯାଇଛି। ରାୟଗଡା ରେଲ ଡିଭିଜନ କୁ ମାନ୍ୟବର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଆଭାସୀ ମାଧ୍ୟମରେ ରେ ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି ଏହି ସମୟରେ କେନ୍ଦ୍ର ରେଲ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ମଧ୍ୟ ଆଭାସୀ ମାଧ୍ୟମରେ ଉପସ୍ଥିତ ଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ନିଜ ବକ୍ତବ୍ୟ ରେ କହିଲେ ଯେ ରେଲ ବିଭାଗ ର ପ୍ରଗତୀ ପାଇଁ ଆଜି ବନ୍ଦେ ଭାରତ ଟ୍ରେନ ଚାଲୁଛି ଖୁବ ଅଳ୍ପ ସମୟରେ ବୁଲେଟ ଟ୍ରେନ ର ଶୁଭାରମ୍ଭ ଆରମ୍ଭ ହେବ ବୋଲି କହିଲେ। ଆଜି ଓଡିଶା ର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଙ୍କ ଜନ୍ମଦିନ ରେ ଏହି ରାୟଗଡା ବାସି ଙ୍କୁ ରେଲ ଡ଼ିଭିଜନ ଏକ ଉପହାର ବୋଲି କହିଲେ। ଏଥିପାଇଁ ପାଇଁ ରାୟଗଡା ଠାରେ ଆୟୋଜିତ କାର୍ଯ୍ୟକ୍ରମ ଅବସରରେ ମଞ୍ଚାସିନ ରହିଥିଲେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ରେଳ ରାଷ୍ଟ୍ର ଓ ଖାଦ୍ୟ ପ୍ରକ୍ରିୟାକରଣ ମନ୍ତ୍ରୀ ରଭନିତ ସିଂ ବିଟ୍ଟୁ, ଜନଜାତି କଲ୍ୟାଣ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, କୋରାପୁଟ ସାଂସଦ ସପ୍ତଗିରି ଉଲାକା, ନବରଙ୍ଗପୁର ସାଂସଦ ବଲଭଦ୍ର ମାଝୀ, କଳାହାଣ୍ଡି ସାଂସଦ ମାଳବିକା ଦେଓ, ବ୍ରହ୍ମପୁର ସାଂସଦ ଡ଼କ୍ଟର ପ୍ରଦୀପ ପାଣିଗ୍ରାହୀ, ରାୟଗଡା ବିଜେପି ଜ଼ିଲ୍ଲା ସଭାପତି ଶିବ ପଟ୍ଟନାୟକ ,ରାୟଗଡା ବିଧାୟକ ଆପଲସ୍ୱାମୀ କାଡ୍ରକା,କୋରାପୁଟ ବିଧାୟକ ରଘୁରାମ ମାଛ, ନବରଙ୍ଗପୁର ବିଧାୟକ ଗୌରୀ ଶଙ୍କର ମାଝୀ ପୂର୍ବତଟ ରେଳ ପଥ ର ମହାପ୍ରବନ୍ଧକ ଫୁଙ୍କ ୱାଲ ଏହି କାର୍ଯ୍ୟକ୍ରମ ରେ ଯୋଗଦାନ କରି ନିଜ ନିଜ ଅଭିଭାଷଣ ପ୍ରଦାନ କରିଥିଲେ। ସୂଚନା ପ୍ରକାରେ ୧୦୭ କୋଟି ଟଙ୍କା ବେୟ ରେ ପ୍ରଥମ ପର୍ଯ୍ୟାୟ ରେ ଖର୍ଚ୍ଚ ଆକଳନ ର ଟେଣ୍ଡର ଆବାହନ ହୋଇଛି। ରାୟଗଡା ରେଲ ଡିଭିଜନ ପ୍ରତିଷ୍ଠା ନିମନ୍ତେ ୨୦୧୯ ରେଳ ବିଜେଟ ରେ ତତ୍କାଳୀନ ରେଲ ମନ୍ତ୍ରୀ ପିୟୁଷ ଗୋୟଲ ଘୋଷଣା କରିଥିଲେ। କିନ୍ତ ଦୀର୍ଘ ୬ ବର୍ଷ ହେବ କିଛି ଅଗ୍ରଗତି ହୋଇପାରିନଥିଲା। କିନ୍ତୁ ବର୍ତମାନ ଏହାର ଭିତ୍ତିପ୍ରସ୍ତର ସ୍ଥାପନ ମାନ୍ୟବର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଆଭାସୀ ମାଧ୍ୟମରେ ରୀମୋଟ ଦାବି କରିଲେ ସେଥିପାଇଁ ରାୟଗଡା ବାସି ବହୁତ ଖୁସି ଏହା ଡବଲ ଇଂଜିନ ସରକାର ଙ୍କ ରାୟଗଡା ଜ଼ିଲ୍ଲା ପାଇଁ ନୂତନ ବର୍ଷ ର ଉପହାର ବୋଲି ଅଞ୍ଚଳ ବାସି ବହୁତ ଖୁସି ଅନୁଭବ କରିଥିବା ଦେଖିବାକୁ ମିଳିଛି।

# ନାବାଳିକାକୁ ଦୁଷ୍କର୍ମ ମାମଲାରେ ଅଭିଯୁକ୍ତକୁ ୨୩ ବର୍ଷ ଜେଲ ଓ ଅର୍ଥଦଣ୍ଡ, ପୀଡିତା ପାଇବେ ୪ଲକ୍ଷ ଟଙ୍କାର ଆର୍ଥିକ ସହାୟତା

କେନ୍ଦୁଝର (ପିଏନ୍): କେନ୍ଦୁଝର ଜିଲ୍ଲାର ଯୋଡା ଥାନା ଅନ୍ତର୍ଗତ କାଳଆବେଡା ଗ୍ରାମରେ ଜଣେ ନାବାଳିକାକୁ ବଳପୂର୍ବକ ଦୁଷ୍କର୍ମ କରିବା ଘଟଣାରେ ଜଣେ ଯୁବକକୁ ୨୩ ବର୍ଷ ସଶ୍ରମ କାରାଦଣ୍ଡରେ ଦଣ୍ଡିତ କରିଛନ୍ତି କେନ୍ଦୁଝର ଜିଲ୍ଲା ଅତିରିକ୍ତ ଜିଲ୍ଲା ଜଜ ତଥା ସ୍ୱତନ୍ତ୍ର ପକ୍ସୋ କୋର୍ଟର ବିଚାରପତି ଡକ୍ଟର ଅନୀଲ କମାର ଦତ୍ତ। ଏହି ଘଟଣାରେ ଅଭିଯୁକ୍ତକୁ ୬୦ହଜାର ଟଙ୍କା ଆର୍ଥିକ ଜୋରିମାନା ପ୍ରଦାନ କରାଯାଇଥିବାବେଳେ ଜୋରିମାନା ଅନାଦେୟ ଦେଢ ବର୍ଷ ଅଧିକ ସଶ୍ରମ କାରାଦଣ୍ଡ ରାୟ ପ୍ରଦାନ ହୋଇଛି। ୦୭/୦୨/୨୦୧୬ରେ କାଳିଆବେଡା ଗ୍ରାମର ସୋନୁ ମହାକୁଡ(୨୫) ପଡୋଶୀ ଘର ଲୋକ କୁଣିଆ ଯାଇଥିବାବେଳେ ଘରେ ୧୩ ବର୍ଷ ନାବଳିକା ଏବଂ ତାଙ୍କ ଭାଇ ଘରେ ଥିଲେ। ରାତିରେ ସୋନୁ ମହାକୁଡ ପଡୋଶୀଙ୍କ କବାଟ ବାଡେଇ ଘର ଖୋଲିବାକୁ କହିଥିଲେ। ନାବାଳିକା କବାଟ ଖୋଲିବା ପରେ ସୋନୁ ମହାକୁଡ ତାକୁ ଟେକିନେଇ ଦୁଷ୍କର୍ମ କରିଥିଲା। ଏ ନେଇ କାହାକୁ ନ କହିବା ପାଇଁ ଧମକ ଦେଇଥିଲେ। ତା' ପରଦିନ ସକାଳୁ ବାପା ମା' ଫେରିବା ପରେ ଝିଅକୁ ଖୋଜି ସୋନୁ ଘରୁ ଉଦ୍ଧାର କରିଥିଲେ। ଝିଅ ଘଟଣା ସମ୍ପର୍କରେ ବାପା ମା' ଙ୍କୁ କହିଥିଲା। ଯୋଡା ଥାନାରେ ଅଭିଯୋଗ ପରେ କେସ ନଂ ୨୦/୨୦୧୬ ରେ ଏକ ମାମଲା ରୁଜୁ କରି ଅଭିଯୁକ୍ତ ସୋନୁ କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ଅତିରିକ୍ତ ଜିଲ୍ଲା ଜଜ ତଥା ସ୍ୱତନ୍ତ୍ର ପକ୍ସୋ କୋର୍ଟର ବିଚାରପତି ୧୨ଜଣ ସାକ୍ଷୀଙ୍କ ବୟାନ ସହ ଫୋରେନସିକ ତଥ୍ୟକୁ ଆଧାର କରି ଅଭିଯୁକ୍ତକୁ ଏହି ଦଣ୍ଡାଦେଶ ପ୍ରଦାନ କରିଛନ୍ତି। ସରକାରଙ୍କ ତରଫରୁ ପିପି ଗଣେଷ ପ୍ରସାଦ ମହାପାତ୍ର ମାମଲା ପରିଚାଳନା କରୁଥିଲେ। ପିଡୀତାକୁ ଆଇନ ସହାୟତା କେନ୍ଦ୍ର ତରଫରୁ ୪ଲକ୍ଷ ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରିବା ପାଇଁ ଆଦେଶ ଦିଆଯାଇଛି।

# ବିପଦସଙ୍କୁଳ ଅବସ୍ଥାରେ ଧର୍ମଶାଳା ଆଦର୍ଶ ବିଦ୍ୟାଳୟ



ଧର୍ମଶାଳା (ପିଏନ୍): ବିପଦସଙ୍କୁଳ ଅବସ୍ଥାରେ ଧର୍ମଶାଳା ଆଦର୍ଶ ବିଦ୍ୟାଳୟ ରହିଛି। ନିମ୍ନମାନର କାମ ପାଇଁ ଏବେ ବିଦ୍ୟାଳୟ ସମ୍ମୁଖ ଭାଗ ଓ ଅଧିକାଂଶ ଶ୍ରେଣୀ ଗୃହ କାନ୍ଥରୁ ପ୍ଲାଷ୍ଟର ଖସୁଛି। ବର୍ଷାଦିନେ ଛାତରୁ ପାଣି ବୋହୁଥିବା ବେଳେ ସିମେଣ୍ଟ ଖଣ୍ଡ ଖସୁଛି। ଫଳରେ ଛାତ୍ରଛାତ୍ରୀମାନେ ଏଠାରେ ପଢ଼ିବାକୁ ନିରାପଦ ମଣୁନାହାଁନ୍ତି। ୫-ଟି ଯୋଜନାରେ ଅଧିକାଂଶ ହାଇସ୍କୁଲକୁ ରୂପାନ୍ତରିତ କରାଯାଉଥିବା ବେଳେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ କାହିଁକି ଏହି ସୁବିଧାରୁ ବଂଚିତ, ଏହାକୁ ନେଇ ଅଭିଭାବକ ମହଲରେ ନାନା ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ପ୍ରକାଶ ଯେ, ୨୦୧୭ରେ ଜାରକା ନିକଟ କୁମାରୀ ପଂଚାୟତ ଦେଉଳିପାଳ ମୌଜାରେ ହୋଇଥିବା ଓଡ଼ିଶା ଆଦର୍ଶ ବିଦ୍ୟାଳୟ ପାଇଁ ଜମି ନିରୂପଣଠାରୁ ଆରମ୍ଭ କରି ସ୍କୁଲ ଘର ନିର୍ମାଣ ପର୍ଯ୍ୟନ୍ତ ବିଭିନ୍ନ ବିବାଦ ସୃଷ୍ଟି ହୋଇଥିଲା। ତେବେ ରାଜନୈତିକ ହସ୍ତକ୍ଷେପ ପରେ ଘର ନିର୍ମାଣ ହୋଇଥିଲେ ମଧ୍ୟ ଏପର୍ଯ୍ୟନ୍ତ ଜମି ବିବାଦର ସମାଧାନ ହୋଇପାରିନାହିଁ। ବିଦ୍ୟାଳୟ ପାଇଁ ୭ ଏକର ଜମି ଅନୁମୋଦନ ହୋଇଥିବା ବେଳେ ୬ ଏକର ଜମି ଏବେ ଜବରଦଖଲରେ। ୩ ଥର ମାପଚୁପ କରାଯାଇଥିଲେ ମଧ୍ୟ ଉକ୍ତ ଜମି ଦଖଲ ଦେଇପାରୁନାହିଁ ତହସିଲ ପ୍ରଶାସନ। ଜମି ଚିହ୍ନଟ ହୋଇ ନଥିବାରୁ ଖେଳପଡ଼ିଆ, ଛାତ୍ରନିବାସ, ପାଚେରୀ, ରୋଷେଇ ଘର, ଖାଇବା ଘର, ଶୌଚାଳୟ ଆଦି ବିଭିନ୍ନ ସ୍ଥାୟୀ ନିର୍ମାଣ କାର୍ଯ୍ୟ ହେବା ସମ୍ଭବପର ହୋଇପାରୁନାହିଁ। ପୂର୍ବରୁ ଏଠାରେ ୬ଷ୍ଠରୁ ୧୦ମ ଶ୍ରେଣୀ ଖୋଲା ଯାଇଥିବା ବେଳେ ଚଳିତ ଶିକ୍ଷାବର୍ଷଠାରୁ ଏକାଦଶ ଶ୍ରେଣୀ ଖୋଲାଯାଇଛି। ଏବେ ବିଦ୍ୟାଳୟରେ ୪ଶହରୁ ଅଧିକ ଛାତ୍ରଛାତ୍ରୀ ଅଧ୍ୟୟନ କରୁଥିବା ବେଳେ ୧୮ଟି ଶ୍ରେଣୀଗୃହ ରହିଛି। ଅଧିକାଂଶ ହାଇସ୍କୁଲରେ ୨ଟି ଲେଖାଏଁ ସ୍ମାର୍ଟ କ୍ଲାସ୍‌ରୁମ୍ କରାଯାଉଥିବା ବେଳେ ଏହି ବିଦ୍ୟାଳୟର ସମସ୍ତ ଶ୍ରେଣୀଗୃହକୁ ସ୍ମାର୍ଟ କ୍ଲାସ୍‌ରୁମ୍ କରିବାକୁ ଦାବି ହୋଇଛି। ସେହିପରି ଉନ୍ନତ ବିଜ୍ଞାନାଗାର, ପାଠାଗାର, ଶୌଚାଳୟ, ଖେଳପଡ଼ିଆ, ପାର୍କ, ରାସ୍ତା, ପାଚେରୀ, ଫାଟକ ଆଦି ନିର୍ମାଣ କରିବାକୁ ଅଭିଭାବକ ମହଲରେ ଦାବି ହୋଇଛି।

# ଦାତବ୍ୟ ସ୍ୱାସ୍ଥ୍ୟ ପରୀକ୍ଷା ଶିବିର



ଫୁଲନଖରା (ପିଏନ୍)-ସଦର ଥାନା ତେଲେଙ୍ଗାପେଣ୍ଠସ୍ଥିତ ଶ୍ରୀ ଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷା ଓ ଗବେଷଣା କେନ୍ଦ୍ରରେ ଏକ ଦାତବ୍ୟ ସ୍ୱାସ୍ଥ୍ୟ ପରୀକ୍ଷା ଓ ପରାମର୍ଶ ଶିବିର ଅନୁଷ୍ଠିତ ହୋଇଥିଲା। ଏହାକୁ ଶିକ୍ଷାନୁଷ୍ଠାନ ପରିଚାଳନା କମିଟିର ସହ-ସମ୍ପାଦକ ଡାକ୍ତର ଅରବିନ୍ଦ ନନ୍ଦ ଓ ଅଧକ୍ଷା ପ୍ରତିଭା ମହାପାତ୍ର ଆନୁଷ୍ଠାନିକଭାବେ ଉଦ୍‌ଘାଟନ କରିଥିଲେ। ବେଣ୍ଟକାର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଡାକ୍ତର ରାକେଶ ଜେନାଙ୍କ ନେତୃତ୍ୱରେ ଏକ ପାଂଚଜଣିଆ ଡାକ୍ତରୀ ଦଳ ଶିବିରରେ ଯୋଗଦେଇ ଷଷ୍ଠରୁ ଦଶମ ଶ୍ରେଣୀର ସମସ୍ତ ଛାତ୍ରଛାତ୍ରୀଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରିବା ସହିତ ମାଗଣାରେ ଔଷଧ ବିତରଣ କରିଥିଲେ। ଶିକ୍ଷାନୁଷ୍ଠାନର ସମସ୍ତ ଅପା ଓ ଭାଇ ଶିବିର ପରିଚାଳନା କରିଥିଲେ।

# କୃଷି ଦୁନିଆ



## ଜିଆଖତ-ଜୈବିକ କୃଷିର ପ୍ରମୁଖ ଦିଗ

**ସୁବ୍ରତ କୁମାର ମହାନ୍ତି**

ଏକବିଂଶ ଶତାବ୍ଦୀରେ ଏ ଯୁଗ ଉପନୀତ । ଯୁଗ ସହ ଯେମିତି ମଣିଷ ବଦଳୁଛି, ସେମିତି ବଦଳୁଛି ଏ ସମାଜ । ବଦଳି ମଧ୍ୟ ଯାଉଛି ଜୀବନ ଧାରଣର ପ୍ରତ୍ୟେକଟି ଧାରା । ଆଉ ଏଥିରୁ କୃଷି ବା ବାଦ୍ ଯିବ କେମିତି । ପ୍ରଥମେ ଜୈବିକ ପ୍ରଣାଳୀ ଅର୍ଥାତ ଜୈବିକ ସାର, ଜୈବିକ ଉପାୟରେ ରୋଗ ପୋକ ଦମନ ଇତ୍ୟାଦି ବ୍ୟବହାର କରୁଥିବା ମଣିଷ, କ୍ରମବର୍ଦ୍ଧିଷ୍ଣୁ ଜନ ସଂଖ୍ୟାକୁ ଆଖି ଆଗରେ ରଖି ଉତ୍କଟ ରସାୟନର ବ୍ୟବହାର କରେ । ଆଉ ବର୍ତ୍ତମାନ ଉକ୍ତ ଉତ୍କଟ ରସାୟନର କୁପ୍ରଭାବର ଜନସମୁଦାୟକୁ ରକ୍ଷା କରିବା ଲକ୍ଷ୍ୟରେ ପୁନଃ ଜୈବିକ ପଦ୍ଧତି ଆଡ଼କୁ ଅଗ୍ରସର ହୁଏ । ଅତଏବ୍ ଜିଆଖତ ଏକ ପ୍ରମୁଖ ଜୈବିକ ଉପାୟ ଯେଉଁଥିରେ ଜୈବ ଅବଶେଷ ବା ବାୟୋୱେଷ୍ଟର ପୁନଃ ସଦବ୍ୟବହାର ହୋଇପାରେ । ଜଣେ ସାଧାରଣ ଚାଷୀ ପାଇଁ ପରିବେଶ ପ୍ରଦୂଷଣ ତଥା ରସାୟନିକ ସାରର ବର୍ଦ୍ଧିତ ମୂଲ୍ୟ କଥା ବିଚାରକୁ ନେଲେ, ଜିଆଖତ ପ୍ରୟୋଗ ଏକ ଉତ୍ତମ ଜୈବିକ ଉପାୟ ଯାହା ଉଭୟ ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ କମ୍ ଖର୍ଚ୍ଚ ଜୈବିକ ଅବଶେଷକୁ ପୁନଃ ବ୍ୟବହାର କରିବା ଉପରେ ଗୁରୁତ୍ୱ ଦେଇଥାଏ । ଆମେ ଅନେକ ଯାଗାରେ ପଢ଼ିଛେ କୃଷକର ବନ୍ଧୁ ଜିଆ । ତେଣୁ ଜିଆକୁ ପାଳନ କରି କୃଷିଜାତ ଅବଶେଷକୁ ଖାଇବାକୁ ଦେଇ ଜିଆର ମଳ ବା ପାଚନ ନହୋଇଥିବା ଅବଶିଷ୍ଟାଂଶରୁ ବ୍ୟବହାର କରି ଯେଉଁ ଖତ ପ୍ରସ୍ତୁତ କରାଯାଏ ତାକୁ ଜିଆଖତ ବୋଲି ଆଖ୍ୟା ଦିଆଯାଏ, ଏହି ଜିଆଖତରେ ଆପାତତଃ ଶତକଡ଼ା ୩ ପ୍ରତିଶତ ଯବକ୍ଷାରଯାନ, ୧ ପ୍ରତିଶତ ଫସଫରସ, ୧.୫ ପ୍ରତିଶତ ପଟାସିୟମ ରହିଥାଏ । ତତ୍‌ସହିତ ବିଭିନ୍ନ ଜୀବସାର, ରୋଗପ୍ରତିରୋଧକାରୀ ପଦାର୍ଥ ତଥା ବହୁ ଉପକାରୀ ଜୈବଉତ୍ପ୍ରେରକ (ଏନ୍‌ଜାଇମ) ରହିଥାଏ ଯାହା କୃଷକ ଅବଶେଷର ଜୈବବିଘଟନରେ ପ୍ରମୁଖ ଭୂମିକା ଗ୍ରହଣ କରିଥାଏ । ଜିଆଖତରେ ପ୍ରୟୋଗ ଫଳରେ ମାଟିର ଉର୍ବରତା ବୃଦ୍ଧିପାଏ ଏବଂ ଯବକ୍ଷାରଜାନ ବିବନ୍ଧନ କରୁଥିବା ବୀଜାଣୁ ଗୁଡ଼ିକ ଉପରେ ଏହା ସୁପ୍ରଭାବ ପକାଇଥାଏ ।

**ପ୍ରସ୍ତୁତି ପ୍ରଣାଳୀ :**

ଜିଆଖତ ପ୍ରସ୍ତୁତିରେ କେତେଗୋଟି ଦିଗପ୍ରତି ଧ୍ୟାନ ଦେବାକୁ ପଡ଼େ ପ୍ରଥମେ ଉତ୍ତମମାନର, ଜିଆଚୟନ କରିବା ଜରୁରୀ ପରିବେଶ, ମୃତ୍ତିକାର ପ୍ରକାର, କୃଷିଜ ଅବଶେଷର ପ୍ରକାର ଇତ୍ୟାଦିକୁ ବିଚାରକୁ ନେଇ ଜିଆର



ବିଭିନ୍ନ ପ୍ରଜାତି ଚୟନ କରିବାକୁ ହୁଏ । ସାଧାରଣତଃ ଆମ ଦେଶରେ ଜିଆଖତ ପ୍ରସ୍ତୁତି ପାଇଁ ଦୁଇଟି ଜିଆ ପ୍ରଜାତିକୁ ଚୟନ କରାଯାଉଛି । ସେଗୁଡ଼ିକ ହେଲା ଏଇସିନିଆ ଫୋଏଟିଡ଼ା ଏବଂ ଇଉଡ୍ରିଲସ ଇଉଜେନି, ବଡ଼ କାଠ, ପ୍ଲାଷ୍ଟିକ ବା ସିମେଣ୍ଟ କୁଣ୍ଡ (ସର୍ବାଧିକ ୧ମି ୧ମି ୦.୫ମି) ଯେଉଁଥିରେ ପ୍ରାୟ ୧୫୦୦ ଜିଆର ବ୍ୟବହାର ହୋଇପାରିବ, ତାହାକୁ ନିଆଯାଏ ଏବଂ ଘର ଭିତରେ ଜିଆଖତ ପ୍ରସ୍ତୁତି କରିବା ସବୁବେଳେ ଗ୍ରହଣୀୟ । କୁଣ୍ଡର ତଳସ୍ତରରେ କୃଷିଜାତ ଅବଶିଷ୍ଟାଂଶ (ଜୈବବିଘଟନ ଯୋଗ୍ୟ)ର ,କ ସ୍ତର ଦିଆଯାଏ ଯାହା ୫ ସେ.ମି ଉଚ୍ଚତାର ହୋଇଥାଏ । ତା ଉପରେ ବିଘଟିତ ଗୋବରର ଏକ ୫ ସେମିର ସ୍ତର ଆଚ୍ଛାଦନ କରିବାକୁ ପଡ଼େ । ଏହିପରି ଗୋଟିଏ ପରେ ଗୋଟିଏ ସ୍ତର ଦେଲାପରେ ସର୍ବଉପର ଯଥାଯଥ ଜଳ ସିଞ୍ଚନ କରି ସଂପୂର୍ଣ୍ଣ ଆର୍ଦ୍ରତାକୁ ୩୦ ରୁ ୪୦ ପ୍ରତିଶତ ରଖାଯାଏ । ଏହା ଉପରେ ବିଘଟନକାରୀ ଜିଆକୁ ଛଡ଼ାଯାଏ ଏବଂ ଏହା ଉପରେ କିଛି ମାଟି ଘୋଡ଼ାଇ ସୂର୍ଯ୍ୟାଲୋକ ନ ପଡ଼ିବା ପାଇଁ ଅଖା ଘୋଡ଼ାଇ ଦିଆଯାଏ । ଗାଇଗୋରୁ, ଘୋଡ଼ା, ଘୁଷୁରୀ ଇତ୍ୟାଦି ମାନଙ୍କର ଶୁଖିଲା ମଳ ତଥା ଅବ୍ୟବହୃତ ପନିପରିବା ଅବଶିଷ୍ଟାଂଶ ଜିଆମାନଙ୍କର ଉତ୍ତମ ଖାଦ୍ୟ ରୂପେ କାର୍ଯ୍ୟକାରୀ । ଶୁଖିଲା ଗୋବରକୁ ସେହି ଅବସ୍ଥାରେ ଖାଦ୍ୟ ହିସାବରେ ବ୍ୟବହାର କରାଯାଇପାରେ । କିନ୍ତୁ ଉପରୋକ୍ତ ଅନ୍ୟ ଖାଦ୍ୟ ଗୁଡ଼ିକୁ ଶୁଖିଲା ଗୋବର ସାଙ୍ଗରେ ସମପରିମାଣରେ ମିଶାଇ ଖାଦ୍ୟ ହିସାବରେ ବ୍ୟବହାର କରାଯାଏ । ଯେତେବେଳେ ଖତ ପ୍ରସ୍ତୁତ ହୋଇଥାଏ, ଦୈନିକ ଜଳ ସିଞ୍ଚନ ପ୍ରକ୍ରିୟାକୁ ୨-୩ ଦିନ ପାଇଁ ବନ୍ଦ ରଖାଯାଏ । ତା'ପରେ ଉକ୍ତ ଆର୍ଦ୍ର ଜିଆଖତକୁ ବାହାରେ କିଛି ସମୟ ଗଦା କରି ଶୁଖାଇ ଦିଆଯାଏ । ଖତଗଦାର ଉପରିଭାଗରୁ ଜିଆ ଗୁଡ଼ିକ ତଳକୁ ସ୍ଥାନାନ୍ତରିତ ହୋଇଗଲା ପରେ ଏହା ଉପଯୋଗୀ ହୋଇଥାଏ ।

**ପ୍ରସ୍ତୁତ ସମୟର ସତର୍କତା :**

କେବଳ ଉଦ୍ଭିଦଜାତ ଅବଶେଷ ହିଁ ଜିଆଖତର ପ୍ରାଥମିକ ପଦାର୍ଥ ରୂପେ



ବ୍ୟବହାର ଯୋଗ୍ୟ । ପ୍ରାଣୀଜ ଅବଶେଷ ଯଥା ଅଣ୍ଡାଖୋଳପା, ମାଂସ, ହାଡ଼ ଇତ୍ୟାଦି ଜିଆଖତ ପ୍ରସ୍ତୁତି ପାଇଁ ବ୍ୟବହାର୍ଯ୍ୟ ନୁହେଁ । ଠିଆପାଣି ବା ସ୍ୱଳ୍ପ ଆର୍ଦ୍ରତା ଜିଆ ଉପରେ ନକରାତ୍ମକ ପ୍ରଭାବ ପକାଏ । ସେଥିପାଇଁ ଆର୍ଦ୍ରତା ପରିଚାଳନା ସୂଚାରୁ ରୂପେ କରିବା ସଙ୍ଗେ ସଙ୍ଗେ ଜିଆଗୁଡ଼ିକୁ ପକ୍ଷୀ, ପିମ୍ପୁଡ଼ି, ଉଇ ଏବଂ ମୂଷା ଠାରୁ ରକ୍ଷା କରାଯିବା ଉଚିତ୍ । ଜିଆଖତକୁ ନିୟମିତ ବ୍ୟବଧାନରେ ବାହାର କରାଯିବା ମଧ୍ୟ ବିଧେୟ ।

**ଜିଆଖତର ପ୍ରୟୋଗ :**

କ୍ଷେତ୍ର ଫସଲ ବା ଶ୍ୟ, ଡାଲି ଏବଂ ଅନ୍ୟାନ୍ୟ ଫସଲରେ ହେକ୍ଟର ପିଛା ୨-୩ ଟନ୍ ଜିଆଖତ ବ୍ୟବହାର କରାଯାଏ । ମି ବୁଣିବା



ସମୟରେ ବା ଚାରା ୧୫ ସେ.ମି. ଉଚ୍ଚତା ହେବା ପରେ ଧାଡ଼ିରେ ଏହାର ପ୍ରୟୋଗ ଲାଭ ଦାୟକ ହୋଇଥାଏ । ଫଳଗଛ ଗୁଡ଼ିକରେ ଗଛର ବୟସକୁ ଦୃଷ୍ଟିରେ ରଖି ୫ଗଛରୁ ପିଛା ୫-୧୦ କି.ଗ୍ରା ଜିଆଖତ ଗଛ ଚାରିପାଖରେ ଏକ ରିଙ୍ଗ ବା ବେସନ୍ କରି ଗୋବରଖତ ସାଙ୍ଗରେ ମିଶାଇ ପ୍ରୟୋଗ ବିଧେୟ । ସେହିପରି ପନିପରିବା ଫସଲର ନର୍ସରୀରେ ହେକ୍ଟର ପିଛା ୧ ଟନ୍ ଜିଆଖତ ଓ ଚାରା ଲଗାଇବାର ୪୫ ଦିନ ପରେ ଜଳସେଚନ ପୂର୍ବରୁ ଗଛ ପିଛା ୫୦୦ ଗ୍ରା. ଜିଆଖତ ପ୍ରୟୋଗ ଅତ୍ୟନ୍ତ ଲାଭପ୍ରଦ ଫୁଲଗଛ ଚାଷ ବେଳେ ହେକ୍ଟର ପିଛା ୭୫୦ କି.ଗ୍ରା ଜିଆଖତ ପ୍ରୟୋଗ କରିବା ଜରୁରୀ ।

ତେଣୁ ଚାଷୀଭାଇମାନେ କୃଷି ବିଶେଷଜ୍ଞ ମାନଙ୍କ ପରାମର୍ଶ କ୍ରମେ ଏହାର ପ୍ରୟୋଗ କଲେ ସୁଫଳ ପାଇପାରିବେ ।

ସହକାରୀ ପ୍ରାଧ୍ୟାପକ,
ଶ୍ରୀ ଶ୍ରୀ ୟୁନିଭର୍ସିଟି, କଟକ

## କୃଷି ଓ କୃଷକ - ଏକ ମାର୍ମିକ ଉଚ୍ଚାରଣ



**ବିଜ୍ଞାନ ରଂଜନ ସାହୁ**

ଆମ ଓଡ଼ିଶା ଗୋଟିଏ କୃଷି ପ୍ରଧାନ ରାଜ୍ୟ । ଏହାର ଅଧିକାଂଶ କୃଷି ଭୂମି ଗାଁ ଗହଳରେ ଅବସ୍ଥିତ । ଏହାର ଅଧିକାଂଶ କୃଷିଜିବି, ସେମାନେ କୃଷିକାର୍ଯ୍ୟ ଓ ମୂଲମଜୁରୀ ଲାଗି ସେମାନଙ୍କର ପରିବାର ପ୍ରତିପୋଷଣ କରନ୍ତି । ଓଡ଼ିଶାରେ ଅଧିକାଂଶ କୃଷକ ମାନଙ୍କର ନିଜର ଚାଷଜମି ନଥାଏ । ଏଣୁ ସେମାନେ ଭାଗଚାଷ କରନ୍ତି । ସାଧାରଣତଃ ଗାଁକହଳିରେ କୃଷକମାନଙ୍କ ପାଖରେ ଭଲ ଉତ୍ପାଦନ କରିବାର ଜ୍ଞାନ କୌଶଳ ଏବଂ ସୂଚନା ନଥାଏ । ସେମାନେ ପାରମ୍ପାରିକ ଭାବରେ କୃଷିକାର୍ଯ୍ୟ କରିଥାନ୍ତି । ପ୍ରାକୃତିକ ବିପର୍ଯ୍ୟୟ ହେତୁ ବହୁତ ଫସଲ କ୍ଷତି ଏବଂ ବ୍ୟାଘାତ ହୋଇଥାଏ ଓ କମ୍ ଉତ୍ପାଦନ ହୋଇଥାଏ । ଏଥି ଯୋଗୁଁ ସରକାର ମଧ୍ୟ ଆର୍ଥିକ ସହାୟତା ଦେଇଥାନ୍ତି । କିନ୍ତୁ ତାହା ଜମି ମାଲିକ ନିକଟକୁ ଚାଲିଯାଇଥାଏ ଏବଂ କୃଷକ ଏଥିରୁ କିଛି ପାଇ ନଥାଏ । ଏଥିଯୋଗୁଁ କେତେକ କୃଷକ ଭାଗଚାଷ କରିବାକୁ ମନା କରିଥାନ୍ତି । କୃଷିକାର୍ଯ୍ୟ ଛାଡ଼ି ସହରାଭିମୁଖୀ ହୋଇଥାନ୍ତି । ଆଉ ମଧ୍ୟ ଓଡ଼ିଶା ସରକାରଙ୍କ ଦ୍ୱାରା ୧ଟଙ୍କାରେ ୧୦ କେଜି ଚାଉଳ ପ୍ରଦାନ କରାଯାଉ ଥିବାରୁ ଦୈନିକ ଖାଇବା ଚଳିଯାଏ । ତେଣୁ କୃଷକ ମନରେ ଚାଷ କରିବା ପାଇଁ ଆଗ୍ରହ କମିଯାଏ।

ଅନ୍ୟ ପକ୍ଷରେ କୃଷକମାନେ ଚାଷ କାର୍ଯ୍ୟରେ ଜୈବିକ ଖତ, ଜୈବିକ ସାର ଏବଂ ଜୈବିକ କୀଟନାଶକ ପ୍ରୟୋଗ କରନ୍ତି ନାହିଁ । ଅଧିକ ଅମଳ ପାଇଁ ରାସାୟନିକ ସାର ଔଷଧ ପ୍ରୟୋଗ କରିଥାଆନ୍ତି । ଯାହା ଉପରେ ସେମାନଙ୍କର କୌଣସି ଜ୍ଞାନ ନଥାଏ । ଏହାଦ୍ୱାରା ଅଧିକ ଅମଳ ହୋଇଥାଏ । କିନ୍ତୁ ବହୁତ ପରିମାଣରେ ମୃତ୍ତିକା ଏହାର ଉତ୍ପାଦନର କ୍ଷମତା ହରାଇ ଥାଏ ଏବଂ ପରିବେଶ ପ୍ରଦୂଷଣ ହୋଇଥାଏ । ଆଗାମୀ ବର୍ଷ ମାନଙ୍କର ଅମଳର ପରିମାଣ ହ୍ରାସ ପାଇଥାଏ । ଏଥିଯୋଗୁଁ ଭାଗଚାଷିମାନେ ଭାଗଚାଷ ଛାଡ଼ି ଦେଇଥାନ୍ତି । ଏଣୁ ଜମି ମାଲିକକୁ କ୍ଷତି ସହିବାକୁ ପଡ଼େ ଓ ଜମିର ରକ୍ଷଣାବେକ୍ଷଣା ଅଭାବରୁ ଜମି ନଷ୍ଟ ହୋଇଯାଏ ।

ଆମେ ଜାଣିଛେ କୃଷକମାନେ ସାଧାରଣତଃ ପରିବେଶ ଉପରେ ନିର୍ଭର କରିଥାନ୍ତି । କିନ୍ତୁ ଏହା ସ୍ଥିର ନୁହେଁ ମାତ୍ର ଦିନକୁ ଦିନ ପରିବର୍ତ୍ତନ ହୋଇଥାଏ । ଏଣୁ ଆମେ ଏହାକୁ ରୋକିପାରିବା ନାହିଁ । ତେଣୁ କେତେକ କୃଷକ ମତରେ କୃଷିକାର୍ଯ୍ୟ ହେଉଛି ଭାଗ୍ୟ ଓ କଠିନ ପରିଶ୍ରମ ଉପରେ ନିର୍ଭରଶୀଳ । ଏଣୁ କୃଷିକାର୍ଯ୍ୟରେ ବାରମ୍ବାର କ୍ଷତି ହେବାରୁ କୃଷକମାନେ ଆତ୍ମହତ୍ୟା କରିଥାନ୍ତି ଏହି ସବୁ ସମସ୍ୟା





ଗୁଡ଼ିକରୁ ଦୂରେଇ ରହିବା ପାଇଁ କୃଷକମାନଙ୍କୁ କୃଷି ବିଜ୍ଞାନର ପ୍ରଶିକ୍ଷଣ କରିବା ନିତ୍ୟାନ୍ତ ଜରୁରୀ । ଯଦି ସେମାନେ ପ୍ରଶିକ୍ଷଣ ନେଇ ଉନ୍ନତ ଜ୍ଞାନ କୌଶଳ ପ୍ରୟୋଗ କରି କୃଷିକାର୍ଯ୍ୟ ସମ୍ପାଦନ କରନ୍ତେ ଉତ୍ପାଦନ ବୃଦ୍ଧି ପାଇବ ।

ଆଧୁନିକ ପୃଥିବୀରେ ଗୋଟିଏ ଆଶ୍ଚର୍ଯ୍ୟ କଥା ସମସ୍ତେ ଭଲ ଖାଇବାକୁ ଚାହାନ୍ତି କିନ୍ତୁ ଉତ୍ପାଦନ କରିବାକୁ ନୁହେଁ । ସମସ୍ତେ ଭଲରେ ରହି ଚାକିରି କରିବାକୁ ଚାହାନ୍ତି କିନ୍ତୁ ଜଣେବି କେହି ଭଲ କୃଷକ ହେବାକୁ ଚାହାଁନ୍ତି ନାହିଁ । ଏବେ ପ୍ରଶ୍ନ ଉଠୁଚି- ଉତ୍ପାଦନ କରିବ କିଏ? ଖାଦ୍ୟ ଆସିବ କେଉଁଠାରୁ । ତେଣୁ କୃଷକମାନଙ୍କୁ ଉପଯୁକ୍ତ ତାଲିମ୍ ପ୍ରାପ୍ତ କରାଯିବା ଦରକାର । ଏହାଦ୍ୱାରା କୃଷକମାନଙ୍କ ରୋଜଗାର ଏବଂ ଭବିଷ୍ୟତରେ କୃଷି ଏକ ମୁଖ୍ୟ ବୃତ୍ତି ହୋଇ ପାରିବ ।

କୃଷକ ପାଠ୍ୟକ୍ରମ :

୧. ପରିବେଶ ଅନୁଯାୟୀ ଶସ୍ୟ ଚିହ୍ନଟ କରିବା
୨. ନୂତନ ଜ୍ଞାନ କୌଶଳର ପ୍ରୟୋଗ
୩. ମିଶ୍ରିତ କୃଷି
୪. ଅଧିକ ଅମଳ କରିପାରୁଥିବା ବିହନ
୫. ନୂତନ ଯନ୍ତ୍ରପାତିର ପ୍ରୟୋଗ
୬. ବିଭିନ୍ନ ପନିପରିବା ଋତୁ ଅନୁସାରେ ଓ ବଜାର ଚାହିଦାରେ ଚାଷ କରିବା

ଜମିଟି ସାଧାରଣତଃ ହିଡ଼ ଦ୍ୱାରା ଭାଗ ଭାଗ ହୋଇଥାଏ । ତେଣୁ ଅଧିକ ଟଙ୍କା ନିବେଶ ହୋଇଥାଏ । ଯଦି ପାଖାପାଖି ଜମି ଥିବା କୃଷକ ନିଜସ୍ୱ ବୁଝାମଣାରେ ହିଡ଼ ଉଠାଇ ଜମିକୁ ଏକତ୍ର କରି ଚାଷ କରନ୍ତେ ଜଳସେଚନର ସୁବିଧା ସହ ଅମଳ ହୁଅନ୍ତା ।

ଯଦି କେତେକ କୃଷକ ଏକାଠି ହୋଇ ଗୋଟେ ଛୋଟ ଫାର୍ମ ଗଠନ କରି ସେମାନଙ୍କର ମିଳିତ ପ୍ରୟାସରେ ସେଠାରେ ଜୈବିକ ସାର, କମ୍ପୋଷ୍ଟ ଏବଂ ଏଫ୍.ୱାଇ.ଏମ୍. ଉତ୍ପାଦନ କରିପାରନ୍ତେ । ଏହା ସେମାନଙ୍କ ପାଇଁ ଅଧିକ ରୋଜଗାର ଦେଇ ପାରିବ । ଏଥିପାଇଁ କୃଷି ବିଜ୍ଞାନ ଶିକ୍ଷା ନିତ୍ୟାନ୍ତ ଆବଶ୍ୟକ ।

କୃଷି ସ୍ନାତକୋତ୍ତର , ଓୟୁଏଟି

## ତିଳାପିଆ - ମାଛ ଚାଷରେ ଏକ ନୂଆ ସମ୍ଭାବନା



**ବିଜ୍ଞାନ ମିହିର ରାଉତ**

ତିଳାପିଆର ପ୍ରାୟ ୨୦ଟିପ୍ରଜାତି ମଧ୍ୟରୁ ଅଧିକାଂଶ ଆଫ୍ରିକା ପଶ୍ଚିମପାର୍ଶ୍ୱରେ ଥିବା ନଦୀମାନଙ୍କରେ ମିଳିଥାଏ । ଏଥିରୁ ମୁଖ୍ୟତ ୯ପ୍ରକାରର ପ୍ରଜାତି ଉପଯୁକ୍ତ ମନେ ହୁଏ । ନୀଳନଦୀ ତିଳାପିଆ ସାରା ବିଶ୍ୱରେ ମୁଖ୍ୟ ଚାଷ ଉପଯୋଗୀ ତିଳାପିଆ ଭାବେ ଗଣା ହୋଇଥାଏ । ନୀଳ ତିଳାପିଆ ଶଙ୍କର ଜାତୀୟ ତିଳାପିଆ ଉତ୍ପନ୍ନ କରିବାରେ ବ୍ୟବହାର କରାଯାଇଥାଏ । ଏହା ସମୁଦାୟ ବିଶ୍ୱର ତିଳାପିଆ ଉତ୍ପାଦନର ପ୍ରାୟ ଶତକଡ଼ା ୮୦ଭାଗ ହୋଇଥାଏ । ଏଥିପାଇଁ ସାଧାରଣତଃ ଥଣ୍ଡା ଜଳବାୟୁ ଥିବା ପରିବେଶ ଆବଶ୍ୟକ । ମୋଜାମ୍ବିଆ ତିଳାପିଆ ନୀଳନଦୀ ତିଳାପିଆର ପ୍ରଜାତି ଅଟେ । ଲାଲ୍ ତିଳାପିଆ - ଏହା ପ୍ରଥମେ ତାଇୱାନରେ ଉତ୍ପାଦିତ ହୋଇଥିଲା । ଏହା ବର୍ତ୍ତମାନ ସାରା ବିଶ୍ୱରେ ଆଦୃତ ହୋଇପାରିଛି ।

ଉତ୍ପାଦନ- ତିଳାପିଆ ଉତ୍ପାଦନରେ ମୁଖ୍ୟତ ୧୦ଟି ଦେଶ ଆଗରେ ଅଛନ୍ତି । ତନ୍ମଧ୍ୟରୁ ଏସିଆ ମହାଦେଶରେ ଚୀନ୍ ହେଉଛି ମୁଖ୍ୟ ତିଳାପିଆ ଉତ୍ପାଦନ କାରୀ ରାଷ୍ଟ୍ର । ବିଶ୍ୱର ଅର୍ଦ୍ଧାଧିକ ତିଳାପିଆ ଚୀନ୍ ଆସିଥାଏ । ସମୁଦାୟ ଉତ୍ପାଦନର ପ୍ରାୟ ୮୫ ଶତକଡ଼ା ମଧୁର ପାଣିରୁ ଆସିଥାଏ । ଏହାକୁ ଉଭୟ ମଧୁର ଓ କ୍ଷାର ପାଣିରେ ଚାଷ କରାଯାଇପାରେ । ଭେକଟି ମାଛ ଚାଷରେ ଏହାକୁ ମୁଖ୍ୟ ଖାଦ୍ୟଭାବେ ବ୍ୟବହାର କରାଯାଇଥାଏ । ବିଭିନ୍ନ ଚାଷ ପଦ୍ଧତି- ପିରା ଚାଷ- ହ୍ରଦ ଓ ଜଳଭଣ୍ଡାର ମଧ୍ୟରେ ତିଳାପିଆ

ତିଳାପିଆ ମାଛକୁ କେତେକ ଗରିବଙ୍କ ମାଛ ବୋଲି କହନ୍ତି । ଏହାର ମୂଳ ବାସସ୍ଥାନ ଆଫ୍ରିକା । ଆଫ୍ରିକା ମହାଦେଶ ବାହାରେ ସର୍ବପ୍ରଥମେ ଏହାର ଏକ ପ୍ରଜାତି ମୋଜାମ୍ବିକ ତିଳାପିଆ ଚାଷ ଆରମ୍ଭ ହୋଇଥିଲା । କିନ୍ତୁଏହା କ୍ଷୁଦ୍ର, କମ୍ ଚାହିଦା ଓ କେତେକ ଅନାଦୃତ କାରଣ ବଶତ ଏହାର ଚାଷ ସଫଳ ହୋଇପାରିନଥିଲା । ପରେ ବିଂଶ ଶତାବ୍ଦୀରେ ଏକ ଉନ୍ନତ ପ୍ରଜାତିର ତିଳାପିଆକୁ ଚାଷ କରାଯାଇ ଅଭୁତପୂର୍ବ ସଫଳତା ହାସଲ କରାଯାଇଥିଲା । ଏହାକୁ ବିଂଶ ଶତାବ୍ଦୀର ମୁଖ୍ୟ ଜଳଜୀବ ଭାବେ ଗଣା ଯାଉଛି । ଏହି ମାଛ ଅତ୍ୟନ୍ତ ସହନଶୀଳ ଓ ରୋଗପ୍ରତିରୋଧକ୍ଷମ ହୋଇଥାଏ । ଏହାଛଡ଼ା ୪-୬ ମାସ ଭିତରେ ବିକ୍ରିଯୋଗ୍ୟ ହୋଇଥାଏ । ଏହି ମାଛକୁ ବର୍ତ୍ତମାନ ବ୍ୟବସାୟିକ ଉଦ୍ଦେଶ୍ୟରେ ଚାଷ କରାଯାଉଛି ।



ଚାଷ କରିବାରେ ଫିଲିପାଇନ୍ସ ଅଗ୍ରଣୀ । ପିରା ଚାଷ ମାଧ୍ୟମରେ ୫ ମାସରେ ୧୦୦ ବର୍ଗମିଟରରେ ୧୭୫ ଗ୍ରାମ ହାରାହାରି ଓଜନର ୫୪୦ କିଗ୍ରା ନୀଳନଦୀ ତିଳାପିଆ ଉତ୍ପାନନ ହୋଇପାରିଥାଏ । ସେହିପରି ଚୀନ୍, ମାଲେସିଆ ଓ ତିଂଗାପୁରରେ ଅଧିକାଂଶ ଚାଷୀ ଲାଲ୍ ତିଲାପ୍ପିଆକୁ କେନାଲ ବନ୍ଧ ଓ ଜଳଭଣ୍ଡାରରେ ପିଞ୍ଜରା ମଧ୍ୟରେ ସଘନ ଓ ଅର୍ଦ୍ଧସଘନ ଚାଷକଲା ବେଳେ ମଧ୍ୟ ବ୍ୟବହୃତ ହୋଇଥାଏ ।

ପୋଖରୀ ଚାଷ- ଫିଲିଫାଇନ୍ସରେ ତିଳାପିଆକୁ ଏକୁଳି ଚାଷ ଏବଂ ବାଂଲାଦେଶ, ଚୀନ ଆଦି ରାଷ୍ଟ୍ରରେ ମଶ୍ରିତ ଚାଷ ଭାବେ ବ୍ୟବହାର କରାଯାଇଥାଏ । ଉତ୍ପାଦନ କ୍ଷେତ୍ରରେ ତାଇୱାନ ହେକ୍ଟର ପିଛା ହାରାହାରି ସର୍ବାଧିକ ୧୫-୨୦ ଟନ୍ ହେଉଥିବା ବେଳେ ଚୀନ୍,ଥାଇଲାଣ୍ଡ ଏହା ପଛକୁ ଅଛନ୍ତି । ଫିଲିପାଇନ୍ସରେ ୩-୪ ମାସ ଭିତରେ ୮୦-୯୦ ଶତକଡ଼ା ୧୫୦-୨୦୦ ଗ୍ରାମ ଓଜନର ୪-୭ ଟନ ତିଳାପିଆ ଉତ୍ପନ୍ନ ହୋଇପାରିବ ।

ସେହିପରି ଦକ୍ଷିଣପୂର୍ବ ଏସିଆରେ ଇଣ୍ଡୋନେସିଆ, ଥାଇଲାଣ୍ଡ, ଭିଏତନାମ ଆଦି ଦେଶରେ ତିଳାପିଆକୁ ମିଶ୍ରିତ ଚାଷ ଭାବରେ ମଧୁର ପାଣିରେ କୃଷି ଓ ପଶୁପାଳନ ସହ ସମ୍ମୋହିତ ଭାବେ ଚାଷ କରାଯାଇଥାଏ । ନୀଳନଦୀ ତିଳାପିଆ ଚାଷକୁ ମୁଖ୍ୟତଃ ମଧୁର ପାଣିରେ କରାଯାଇଥାଏ । ଏହାକୁ ତାଇୱାନ, ମାଲେସିଆର କଂକ୍ରିଟ୍ ପୋଖରୀରେ ସଘନ ଚାଷ କରାଯାଇଥାଏ ।

ଏକଲିଙ୍ଗୀ ଚାଷ- ତିଳାପିଆ ସାଧାରଣତଃ ୪-୬ ମାସ ବୟସ ମଧ୍ୟରେ ଉତ୍ପାଦନ କାରଯାଇଥାଏ । ଯାହା ଫଳରେ ପୋଖରୀରେ ବହୁଳ ପରିମାଣରେ ବାମନ ଆକୃତି ବିଶିଷ୍ଟ ତିଳାପିଆ ମାଛ ମିଳିଥାଏ । ସୁତରାଂ ଏହାର ପ୍ରଜନନକୁ ନିୟନ୍ତ୍ରଣ କରିବା ଆବଶ୍ୟକ ହୋଇଥାଏ । ଅଧିକାଂଶ ଚାଷୀ ଏକଲିଙ୍ଗୀ ଚାଷକୁ ଗୁରୁତ୍ୱ ଦେଇଥାନ୍ତି । ସମୁଦାୟ ଚାଷ ଖର୍ଚ୍ଚର ପ୍ରାୟ ୩୪% କେବଳ ଖାଦ୍ୟ ଦ୍ୱାରା ହୋଇଥାଏ । ପିରା ଚାଷରେ ଖାଦ୍ୟର ବହୁଳ ବ୍ୟବହାର ହେତୁ ଏଥିରେ ଖାଦ୍ୟ ଖର୍ଚ୍ଚ ପ୍ରାୟ ୮୫% ହୋଇଥାଏ । କହିବାକୁ ଗଲେ ତିଳାପିଆ ଚାଷ ଲାଭଦାୟକ ଅଟେ । ଏହି ଦୃଷ୍ଟିରୁ ଏସିଆ ଓ ଆମେରିକାର ବହୁ ରାଷ୍ଟ୍ର ଏବେ ତିଳାପିଆ ଉତ୍ପାଦନ ଉପରେ ଗୁରୁତ୍ୱ ଦେଉଛନ୍ତି ।

ମତ୍ସ୍ୟ ଛାତ୍ର,
ଏମ୍.ଏସ୍ ସ୍ୱାମୀନାଥନ କୃଷି ବିଶ୍ୱବିଦ୍ୟାଳୟ, ପାରଳାଖେମୁଣ୍ଡି
ମୋ- ୭୯୭୮୧୯୬୮୩୪

## ବିଶ୍ୱ ମୃତ୍ତିକା ଦିବସ ଅବସରରେ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ

ଶ୍ୟାମଳ ସୁବର୍ଣ୍ଣ ଓଡ଼ିଶାର ଏକ ଅଗ୍ରଣୀ କୃଷି ଭିତ୍ତିକ ପତ୍ରିକା ଭାବରେ କୃଷି ଓ କୃଷକର ଉନ୍ନତି ପାଇଁ କାର୍ଯ୍ୟରତ । କୃଷିର ବି଼ଶ, କୃଷକର ବିକାଶକୁ ମୂଳମନ୍ତ୍ର ଭାବେ ବିବେଚନା କରି ବିଗତ ୨୦୧୮ ଏପ୍ରିଲରୁ କୃଷି ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ପ୍ରକାଶିତ ଏହି ପତ୍ରିକା ନିରନ୍ତର ଭାବେ ପ୍ରକାଶ ପାଇ ଚାଷୀକୁଳ ପାଖରେ ବେଶ ସ୍ନେହ , ଶ୍ରଦ୍ଧା ସାଉଁଟିପାରିଛି । ଶ୍ୟାମଳ ସୁବର୍ଣ୍ଣ ସବୁବେଳେ କୃଷିର ବିକାଶ ସହ କୃଷକର ବିକାଶ ଉପରେ ଗୁରୁତ୍ୱ ଦେଇଥାଏ । ତେବେ ଆଗାମୀ ଡ଼ିସେମ୍ବର ୫ ତାରିଖ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଶ୍ୟାମଳ ସୁବର୍ଣ୍ଣ ତରଫରୁ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ କରାଯାଉଛି । ଛାତ୍ରଛାତ୍ରୀଙ୍କ ମଧ୍ୟରେ ମାଟି ଓ ଏହାର ଉପାଦେୟତା ବିଷୟରେ ସଚେତନତା ସୃଷ୍ଟି କରାଯିବା ହିଁ ଏହାର ମୂଳ ଲକ୍ଷ୍ୟ । କୃଷି ବିଜ୍ଞାନୀ ଛାତ୍ର ଛାତ୍ରୀଙ୍କ ମଧ୍ୟରେ ମାଟି ସହ ଜନଜୀବନର ବିଶେଷତା ଉପରେ ସଚେତନତା କରାଇବା ଲକ୍ଷ୍ୟରେ ଆରମ୍ଭ ହୋଇଛି ଏହି କାର୍ଯ୍ୟକ୍ରମ ବୋଲି ପତ୍ରିକାର ସମ୍ପାଦକ ଡ଼ି ଶୁଭମ୍ କହିଛନ୍ତି । ଏହି ପ୍ରବନ୍ଧର ବିଷୟ ବସ୍ତୁ ରହିଛି : ମାଟି -ଚାଷର ଏକ୍ସଡ଼ିଶାଳ ଓ ଇଂରାଜୀ ବିଭାଗ ପାଇଁ ବିଷୟ- soil-the life giver of all existence । ଛାତ୍ରଛାତ୍ରୀ ମାନେ ଉଭୟ ଓଡ଼ିଆ ଓ ଇଂରାଜୀରେ ପ୍ରବନ୍ଧ ଲେଖି ୬୦୦-୭୦୦ ଶବ୍ଦ ମଧ୍ୟରେ ୩୦.୧୧.୨୦୨୧ ମଧ୍ୟରେ ପଠାଇବାକୁ ନିବେଦନ କରାଯାଇଛି । ପଠାଇବାର ଠିକଣା - ଇମେଲ- dshuvam97@gmail.com ଓ ଡ଼ାକ ମାଧ୍ୟମରେ - ମାର୍ଫତ- ସମ୍ପାଦକ,ଶ୍ୟାମଳ ସୁବର୍ଣ୍ଣ , ଷ୍ଟେଟ୍ ବ୍ୟାଙ୍କ ପାଖ , ବାସୁଦେବପୁର , ଭଦ୍ରକ ଠିକଣାରେ ପଠାଇପାରିବେ । ପ୍ରତିଯୋଗିତାର ଫଳାଫଳ ଆସନ୍ତା ଡ଼ିସେମ୍ବର ୫ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଘୋଷଣା କରାଯିବା ସହ ଶ୍ରେଷ୍ଠ ତିନିଜଣଙ୍କୁ ମାନପତ୍ର ଦିଆଯିବ ବୋଲି ସମ୍ପାଦକ କହିଛନ୍ତି ।




# ନିର୍ମାଣାଧିନ ଗରାପୁର-ଗଣ୍ଡାକିଆ ରାସ୍ତା ନିମ୍ନମାନର ଅଭିଯୋଗ

### କାର୍ଯ୍ୟାଦେଶ ବାତିଲ ଓ ନୂତନ ଠିକାଦାର ନିଯୁକ୍ତି ଦାବି



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଗ୍ରାମ୍ୟ ଉନ୍ନୟନ ଡିଭିଜନ-୧ଅଧିନସ୍ଥ ନିର୍ମାଣାଧିନ ଗରାପୁର- ଗଣ୍ଡାକିଆ ରାସ୍ତା ଅତ୍ୟନ୍ତ ନିମ୍ନମାନର ହେଉଥିବା ବେଳେ ଧାର୍ଯ୍ୟ ଗୁଣବତ୍ତା ସାମଗ୍ରୀ ବ୍ୟବହାର ହେଉନଥିବା ନେଇ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ ହୋଇଛି। ଅଭିଯୋଗ ଅନୁଯାଇ ଗରାପୁରସ୍ଥିତ ଜିଲ୍ଲାପାଳଙ୍କ ଆବାସିକ କାର୍ଯ୍ୟାଳୟ ସମ୍ମୁଖ ଭି.ଆଇ.ପି. ରୋଡ ଠାରୁ କାଳି ମନ୍ଦିର, ସାନ୍ତସାହି ଦେଇ କେନାଲ ରୋଡରେ ଗଣ୍ଡାକିଆ ଯାଇଥିବା ୧୨ କିଲୋମିଟର ରାସ୍ତା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ । ସେହି ରାସ୍ତା ଦେଇ ଜିଲ୍ଲାର ଅର୍ଦ୍ଧାଧିକ ଲୋକ, ସ୍କୁଲ, କଲେଜର ଛାତ୍ରଛାତ୍ରୀ, ଡାକ୍ତରଖାନା, କେନ୍ଦ୍ରାପଡା ବ୍ଲକ ଓ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଏବଂ ଜିଲ୍ଲା ଅଦାଲତ ପ୍ରଭୃତିକୁ ଯାତାୟତ କରିଥାନ୍ତି। ଏଥିସହିତ କଟକ ଏବଂ ଭୁବନେଶ୍ୱରରୁ ପଟ୍ଟାମୁଣ୍ଡାଇ, ରାଜନଗର, ମହାକାଳପଡା ବ୍ଲକ ସମେତ କେନ୍ଦ୍ରାପଡା ବ୍ଲକ ଅନ୍ତର୍ଗତ ୫ଟି ପଞ୍ଚାୟତର ଅଧିବାସୀମାନେ ବସ, ବାଇକ, କାର ପ୍ରଭୃତିରେ ଯାତାୟତ କରିଥାନ୍ତି। ଏହାବ୍ୟତିତ ଏହି ରାସ୍ତା ଦେଇ ଦୈନିକ ଶହ ଶହ ମାଲ ବୋଝେଇ ଟ୍ରକ ଯାତାୟତ କରିଥାଏ। କିନ୍ତୁ ଅପ୍ରଶସ୍ତ ଏବଂ ନିମ୍ନମାନର କାର୍ଯ୍ୟ ଯୋଗୁଁ ଦୀର୍ଘବର୍ଷ ହେବ ସେହି ରାସ୍ତାଟି ମରଣଯନ୍ତା ପାଲଟିଥିବା ଅଭିଯୋଗ ହୋଇଛି। କେନ୍ଦ୍ରାପଡା ଗ୍ରାମ୍ୟ ଉନ୍ନୟନ ଡିଭିଜନ- ୧ ପକ୍ଷରୁ ସେହି ରାସ୍ତାର ପ୍ରଶସ୍ତିକରଣ ଓ ଉନ୍ନତିକରଣ ପାଇଁ ୯୭୮. ୮୦ଲକ୍ଷ ଟଙ୍କାର ବ୍ୟୟ ଅଟ୍ଟକଳରେ ମୋଟ ୧୨କିଲୋମିଟର ୪୦୫ମିଟର ରାସ୍ତା ନିର୍ମାଣ ନିମନ୍ତେ ଏବେ ଠିକାଦାରଙ୍କୁ କାର୍ଯ୍ୟନିର୍ବାହ ନିମନ୍ତେ ନିର୍ଦ୍ଦେଶ ଦିଆଯାଇଛି। କିନ୍ତୁ ସଂପୃକ୍ତ ଠିକାଦାର ବିଭାଗର ଅଟ୍ଟକଳ ଅନୁଯାଇ କାର୍ଯ୍ୟ କରୁନଥିବା ଅଭିଯୋଗ ହୋଇଛି। ରାସ୍ତାର ଉଭୟ ପାର୍ଶ୍ୱରେ ୧ମିଟର ଲେଖାଁଏ ସିମେଣ୍ଟ ବଜୁରୀ(୮ଇଞ୍ଚର) ଲଗାଯିବାକୁ ଥିବା ବେଳେ ତାହା କରାଯାଇନଥିବା, ରାସ୍ତାର ଉଭୟ ପାର୍ଶ୍ୱରେ ଜିଏସବି ୬ଇଞ୍ଚ ଲାଗିନଥିବା, ଡବ୍ଲୁ.ଏମ.ଏମ. ୪ଇଞ୍ଚ କରାଯାଇନଥିବା, ରାସ୍ତାର ଉଭୟ ପାର୍ଶ୍ୱରେ ୧୧ହଜାର ୬୯୯ ଟ୍ରିପ ମାଟି ବ୍ୟବହାର କରାଯିବାକୁ ଥିବା ବେଳେ ମୁଠାଏ ବି ମାଟି ବ୍ୟବହାର କରାନଯାଇ ଦୁଇ ପାର୍ଶ୍ୱକୁ କାଟି ଅତି ଦୁର୍ବଳ ଓ ବିପଦ ସଙ୍କୁଳ କରାଯାଇଥିବା ଅଭିଯୋଗ ହୋଇଛି। ଏହି ରାସ୍ତାର ନିର୍ମାଣ କାର୍ଯ୍ୟରେ ପାଣି ବ୍ୟବହାର କରାଯାଉନଥିବା ବେଳେ କାର୍ଯ୍ୟକୁ ବିଭାଗୀୟ ଯନ୍ତ୍ରୀ ତଦାରଖ କରୁନଥିବା ଅଭିଯୋଗ ହୋଇଛି। ଏତଦବ୍ୟତିତ ଏହି ରାସ୍ତା ନିର୍ମାଣ କାର୍ଯ୍ୟ ନିମ୍ନମାନର ହେଉଥିବା ନେଇ ଲୋକ ଆପତ୍ତି ଏବଂ ଅଭିଯୋଗ କରିବାରେ କେନ୍ଦ୍ରାପଡା ବ୍ଲକରେ ଥିବା କନିଷ୍ଠ ଯନ୍ତ୍ରୀ ବିନୟ ମିଶ୍ର ସେମାନଙ୍କୁ ଧମକ ଚମକ ଦେଉଥିବା ମଧ୍ୟ ଅଭିଯୋଗ ହୋଇଛି। ଏହି କାର୍ଯ୍ୟର ବିଧିବଦ୍ଧ ତଦନ୍ତ କରାଯିବା ସହ ସଂପୃକ୍ତ ଠିକାଦାରଙ୍କ କାର୍ଯ୍ୟାଦେଶ ବାତିଲ କରାଯାଇ ନୂତନ ଠିକାଦାରଙ୍କୁ ନିୟୋଜିତ କରାଯିବାକୁ ୫ଟି ପଞ୍ଚାୟତର ଅଧିବାସୀଙ୍କ ପକ୍ଷରୁ ଫକିର ଚରଣ ଖଟୁଆ, ସନ୍ତୋଷ କୁମାର ବେହେରା, ଉତ୍ତମ ସ୍ୱାଇଁ, ଅଞ୍ଜନ କୁମାର ମହାପାତ୍ର, ନିରଞ୍ଜନ ପରିଡା,ରଶ୍ମିରଞ୍ଜନ ଚୌଧୁରୀ, ଦିପ୍ତିରଞ୍ଜନ ମହାନ୍ତି, ପ୍ରକାଶ ଚନ୍ଦ୍ର ଲେଙ୍କା, ମହେନ୍ଦ୍ର ପରିଡା, ସୁନାକର ରାଉତ, ଉମାକାନ୍ତ ପରିଡା, ଲଲାଟେନ୍ଦୁ ଖଟୁଆ, ସୁଶାନ୍ତ କୁମାର ଦାସ, ବିଜୟ ପ୍ରଧାନ, ପ୍ରଭାକର ଲେଙ୍କା, ମୁରଲୀଧର ରାଉତ ପ୍ରମୁଖ ଶତାଧିକ ଲୋକ ଜିଲ୍ଲାପାଳଙ୍କୁ ଅଭିଯୋଗ କରିଛନ୍ତି।

## ପଥର ଖାଦାନ ରେ ବୁଡି ଶିଶୁର ମୃତ୍ୟୁ

ଭୁବନେଶ୍ୱର, (ପି.ଏନ): ବାଲେଶ୍ୱର ଜିଲ୍ଲାରେ ଏକ ପରିତ୍ୟକ୍ତ ପଥର ଖାଦାନ ରେ ବୁଡି ଶିଶୁ ମୃତ୍ୟୁ ଘଟିଛି । ଏହାକୁ ନେଇ ସ୍ଥାନୀୟ ଅଂଚଳରେ ପ୍ରବଳ ଉତେଜନା ପ୍ରକାଶ ପାଇଛି ।

ମିଳିଥିବା ସୂଚନା ଅନୁସାରେ ବାଲେଶ୍ୱର ଜିଲ୍ଲା ନୀଳଗିରି ଥାନା ଅଧିନ ଧୋବଶିଳା ପଂଚାୟତ ଚଲଣାପାଳ ଗାଁରେ ଏହି ଅଘଟଣ ଘଟିଛି । ଗାଁ ନିକଟରେ ସ୍ୱର୍ଣ୍ଣଚୁଡ଼ ସଂରକ୍ଷିତ ଜଙ୍ଗଲକୁ ଲାଗିଥିବା ପରିତ୍ୟକ୍ତ ପଥର ଖାଦାନରେ ଜମିଥିବା ପାଣିରେ ବୁଡି ଅଢେଇ ବର୍ଷର ଶିଶୁ ମୃତ ବରଣ କରିଛି। ମୃତକ ହେଲେ ତପନ ସିଂର ଅଢେଇ ବର୍ଷର ଅମିତ। ଗାଁ ରାସ୍ତାଟି ଖାଦାନକୁ ଲାଗିଥିବା ବେଳେ ଶିଶୁଟି ଖେଳୁଥିବା ବେଳେ ଅସାବଧାନତା କାରଣରୁ ଖାଦାନରେ ଖସି ପଡ଼ିଥିଲା।ଫଳରେ ତାଙ୍କୁ ଖୋଜାଖୋଜି କରିବା ପରେ ଖାଦାନରୁ ଉଦ୍ଧାର କରାଯିବା ବେଳକୁ ତାର ପ୍ରାଣବାୟୁ ଉଡି ଯାଇଥିଲା।ଶିଶୁଟିର ମୃତ୍ୟୁରେ ଅଞ୍ଚଳରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଛି। ତେବେ ଖାଦାନ କରିବା ପରେ ଖାଲ ପୋତିବା ନିୟମ ଥିବାରୁ ଖାଦାନ ଲିଜଧାରୀ ଖାଦାନ ପରେ ଛାଡ଼ିଦେଇ ଯାଇଥିବାରୁ ବର୍ଷା ପାଣି ଜମି ଏବେ ମରଣ ଯନ୍ତା ପାଲଟିଥିବାରୁ ଏଭଳି ପରିସ୍ଥିତି ସୃଷ୍ଟି ହୋଇଛି। ପୂର୍ବରୁ ମଧ ଏହି ଖାଦାନରେ ଜୀବନ ଯାଇଥିବା ସୂଚନା ମିଳିଛି। ତୁରନ୍ତ ସ୍ଥାନୀୟ ଓ ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେଇ ଖାଦାନ ପୋତିବାର ବ୍ୟବସ୍ଥା କରିବାକୁ ଦାବୀ ହୋଇଛି।

# ବିଶ୍ୱହିନ୍ଦୁ ପରିଷଦ, ବିଜେପି ଓ ବିଜେଡ଼ିର ଜାତିବାଦ ରାଜନୀତି ଦେଶ ଗଠନରେ ବାଧକ ସୃଷ୍ଟି କରୁଛି

ଭୁବନେଶ୍ୱର (ପିଏନ୍)-ଗତ ତାରିଖ ସୋମବାର ଦିନ ଓଡ଼ିଶା ପ୍ରଦେଶ କଂଗ୍ରେସର ୧୦୦ବର୍ଷ ପୂର୍ତ୍ତି ଅସବରରେ ନବରଙ୍ଗପୁର ଜିଲ୍ଲା କଂଗ୍ରେସ କମିଟିର ତରଫରୁ ଏକ ସଂକଳ୍ପ ସମାବେଶ ଅନୁଷ୍ଠିତ ହୋଇଥିଲା । ଏହି ସମାବେଶରେ କଂଗ୍ରେସ ଦଳର ଜାତୀୟନେତା ଯଥା ଡଃ. କହ୍ନେୟା କୁମାର, ଗୁଜୁରାଟର ମାନ୍ୟବର ବିଧାୟକ ତଥା ଦଳିତ ନେତା ଶ୍ରୀ ଜିଗ୍ନେଶ ମେୱାନୀ, ପୂର୍ବତନ କେନ୍ଦ୍ରମନ୍ତ୍ରୀ ତଥା ବିହାର ପ୍ରଦେଶ କଂଗ୍ରେସର ପ୍ରଭାରୀ ଶ୍ରୀ ଭକ୍ତଚରଣ ଦାସ ଓ ଛତିଶଗଡ଼ ରାଜ୍ୟ ସରକାରଙ୍କ କ୍ୟାବିନେଟ୍ ମନ୍ତ୍ରୀ ଶ୍ରୀ ଲକ୍ଷ୍ମୀ କାୱାସୀ ପ୍ରମୁଖ ଯୋଗଦାନ ଦେଇ ଜନସାଧାରଣ ଓ ଯୁବକମାନଙ୍କୁ ଏକତ୍ର ହୋଇ ନିଜକୁ ରାଷ୍ଟ୍ରୀୟ ଏକତ୍ରିକରଣ ସ୍ରୋତରେ ସାମିଲ ହେବା ପାଇଁ ବକ୍ତବ୍ୟ ପ୍ରଦାନ ସହ ହଜାର ହଜାର ସଂଖ୍ୟାରେ ଦଳିତ ଆଦିବାସୀମାନଙ୍କୁ ଉଦ୍‌ବୋଧନ ଦେଇଥିଲେ । ଏହି ସମାବେଶର ସଫଳତାରେ ଈର୍ଷାପରାୟଣ ହୋଇ କିଛି ତଥାକଥିତ ଅସାମାଜିକ ଯୁବକ ଯଥା ଶ୍ରୀ ଗୌରୀଶଙ୍କର, ଶ୍ରୀ ହିମାଂଶୁଶେଖର ମିଶ୍ର (ଆୟୁଷ ଡାକ୍ତର), ଶ୍ରୀ ମିହିର କୁମାର ମିଶ୍ର ଦଳିତ ନେତା ଜିଗ୍ନେଶ ମେୱାନୀ, ଶ୍ରୀ କହ୍ନେୟା କୁମାର, ଶ୍ରୀ ଲକ୍ଷ୍ମୀ କାୱାସୀ ଓ ଭକ୍ତଚରଣ ଦାସଙ୍କ ପ୍ରତି ଅପମାନ ସୂଚକ ମନ୍ତବ୍ୟ ଦେବା ସହ ଜାତିଆଣ ମନୋଭାବ ରଖି ସଭାସ୍ଥଳକୁ ପବିତ୍ର ଗଙ୍ଗାଜଳ ସିଂଚନ କରୁଥିବା ଭିଡ଼ିଓ ଭାଇରାଲ କରିଛିନ୍ତି । ଯାହା ସଂପୂର୍ଣ୍ଣ ଭାବରେ ଦଳିତ ଆଦିବାସୀ ସମାଜର ସମ୍ମାନ ହାନି ହେବା ସହ ତାଙ୍କୁ ଶକ୍ତ ଆଘାତ ଦେଇଛି । ଯାହାଫଳରେ ସେମାନେ ମାନସିକ ଚାପରେ ରହିଛିନ୍ତି । ନବରଙ୍ଗପୁର ଜିଲ୍ଲାରେ ଥିବା ଦଳିତ ଆଦିବାସୀମାନଙ୍କ ଭିତରେ ଏହା ତିବ୍ର ଉତେଜ୍ଜନା ସୃଷ୍ଟି କରିଛି । ନବରଙ୍ଗପୁର ଜିଲ୍ଲା ଏକ ଦଳିତ ଆଦିବାସୀ ବହୁଳ ଜିଲ୍ଲା । ଏହି ଜିଲ୍ଲାରେ ପ୍ରାୟ ୧୨% ପ୍ରତିଶତରୁ ଉର୍ଦ୍ଧ ଦଳିତ ଆଦିବାସୀ ବସବାସ କରିନ୍ତି । ସ୍ୱର୍ଗତଃ ଜଗନ୍ନାଥ ତ୍ରିପାଠୀଙ୍କ ପୂର୍ବରୁ ଏହିଠାରେ ମିରୁ ହରିଜନ ବିଧାୟକ ରୂପେ ନିର୍ବାଚିତ ହୋଇଥିଲେ । ପୋଟାକୋଟା ଗ୍ରାମର ଅର୍ଜୁନ ହରିଜନ କୁଇଟ୍ ଇଣ୍ଡିଆ ମୁଭମେଂଟ୍‌ରେ ବ୍ରିଟିଶ ସରକାରଙ୍କ ଦ୍ୱାରା ଗିରଫ ହୋଇ ୧୯୪୨ ମସିହାରେ ବ୍ରହ୍ମପୁର ସ୍ଥିତ ଜେଲରେ ନଖାଇ ନପିଇ ମୃତ୍ୟୁବରଣ କରି ଦେଶ ପାଇଁ ବଳିଦାନ ଦେଇଥିଲେ । ନବରଙ୍ଗପୁର ଜିଲ୍ଲାର ମାଟିର ସଂାନ ମାନେ ଦେଶ ସ୍ୱାଧୀନତାରେ ନିଜକୁ ସମର୍ପଣ କରି ସହୀଦ ଲକ୍ଷ୍ମଣ ନାଏକଙ୍କ ସମେତ ଅନେକ ଦଳିତ ଆଦିବାସୀ ନେତା ଦେଶସ୍ୱାଧୀନତାରେ ନିଜକୁ ବଳିଦାନ ଦେଇଛିନ୍ତି । ତେଣୁ ଏହି ପବିତ୍ର ମାଟିରେ ବସବାସ କରୁଥିବା ଜନସାଧାରଣ ତଥା ସମଗ୍ର ରାଜ୍ୟର ଦଳିତ ଆଦିବାସୀମାନଙ୍କର ସମ୍ମାନକୁ କ୍ଷୁର୍ଣ୍ଣ କରିବାର ଭଳି ଯେଉଁ ଘୃଣ୍ୟ କାର୍ଯ୍ୟ ଦୋଷୀମାନେ କରିଛିନ୍ତି ତାହା ନିନ୍ଦନୀୟ ଓ ଜଘନ୍ୟ ଅପରାଧ । ଶ୍ରୀ ଗୌରୀଶଙ୍କର, ଶ୍ରୀ ହିମାଂଶୁ ଶେଖର ମିଶ୍ର (ଆୟୁଷ ଡାକ୍ତର), ଶ୍ରୀ ମିହିର କୁମାର ମିଶ୍ର ଗଙ୍ଗାଜଳ ସିଂଚନ କରି ନିର୍ଦ୍ଦିଷ୍ଟ ଜାତିର ଭାବଧାରାକୁ ଆକ୍ଷେପ କରି ମନ୍ତବ୍ୟ ଦେବା ଜଘନ୍ୟ ଅପରାଧ । ଏ ସଂପର୍କରେ ତା.୨୯.୧୨.୨୦୨୧ରିଖରେ ନବରଙ୍ଗପୁର ଜିଲ୍ଲା ଆଇ.ଆଇ.ସି.ଙ୍କ ନିକଟରେ ଏକ ଏଫ୍.ଆଇ.ଆର. ଦରଜ କରାଯାଇଅଛି । ପ୍ରକାଶ ଥାଉକି, ଉକ୍ତ ତିନିଜଣ ବ୍ୟକ୍ତି ବିଶ୍ୱହିନ୍ଦୁ ପରିଷଦ ଓ ବିଜେପି ସମର୍ଥକ ଅଟନ୍ତି । ବିଶ୍ୱହିନ୍ଦୁ ପରିଷଦ ଓ ବିଜେପି ଦଳର ଇଙ୍ଗିତରେ ସେମାନେ ଏହି ଘୃଣ୍ୟ କାମ କରିଛନ୍ତି ଯାହା ଦେଶରେ ଜାତି ଓ ଧର୍ମ ନାମରେ ଦେଶକୁ ଭାଗ ଭାଗ କରିବା ବିଶ୍ୱହିନ୍ଦୁ ପରିଷଦ ଓ ବିଜେପି ଦଳର ମୁଖ୍ୟ ଲକ୍ଷ୍ୟ ବୋଲି କୁହାଯିବ । ଭାରତୀୟ ସମ୍ବାଧାନ ଜାତି ଧର୍ମ ବର୍ଣ୍ଣ ନିର୍ବିଶେଷରେ ସମସ୍ତଙ୍କୁ ସମାନ ଅଧିକାର ଦେଇଅଛି । ଏକ ସ୍ୱର୍ଶକାତରତା ଘଟଣା ବିଷୟରେ ଏ ପର୍ଯ୍ୟ' ସେଠାକାର ଏସ୍.ପି. ଓ ଜିଲ୍ଲା ପ୍ରଶାସନ କାହିଁକି ନିଜଆଡ୍ରୁ ସଂପୃକ୍ତ ବ୍ୟକ୍ତିଙ୍କ ବିରୁଦ୍ଧରେ ଏଫ୍.ଆଇ.ଆର. ଦାୟର କରିନାହାଁନ୍ତି । ଓଡ଼ିଶାରେ ନବୀନ ପଟ୍ଟନାୟକଙ୍କ ପ୍ରଶାସନ ଏକ ସ୍ଥାଣୁ ପାଲଟି ଯାଇଛି ପରୋକ୍ଷରେ ସରକାର ଅପରାଧୀମାନଙ୍କୁ ଘଂଟଘୋଡାଇବାରେ ସାହାର୍ଯ୍ୟ କରୁଛିନ୍ତି । ଏ ପର୍ଯ୍ୟ' କଳାହାଣ୍ଡି ଜିଲ୍ଲାର ମମିତା ମେହେର ହତ୍ୟାଘଟଣାରେ ନ୍ୟାୟ ଦେଇ ପାରୁନାହାଁନ୍ତି । ସେହି ଜିଲ୍ଲାରେ ଜାତିବାଦ ରାଜନୀତି ଏକ ସ୍ୱର୍ଶକାତରତା ଘଟଣା ଏବଂ ଅସାମ୍ବିଧାନିକ ହୋଇଥିଲେ ମଧ ସରକାର ସେଥିପ୍ରତି ଧ୍ୟାନ ଦେଉନାହାଁନ୍ତି । ରାଜ୍ୟର ସାଢ଼େ ଚାରିକୋଟି ଓଡ଼ିଆ ବସବାସ କରୁଥିବାବେଳେ ପ୍ରଭୂ ଜଗନ୍ନାଥଙ୍କ ନିକଟରେ ସମସ୍ତେ ଜାତି,ଧର୍ମ,ବର୍ଣ୍ଣ ନିର୍ବିଶେଷରେ କୌଣସି ପକ୍ଷପାତ ନଥିବାବେଳେ ନବୀନ ପଟ୍ଟନାୟକ ସରକାର ଉକ୍ତ ଘଟଣାକୁ ଅଣଦେଖା କରିବା ନିନ୍ଦନୀୟ ଅଟେ । ପରୋକ୍ଷରେ ନବୀନ ପଟ୍ଟନାୟକ ସରକାର ସମ୍ବିଧାନ ବିରୋଧି କାର୍ଯ୍ୟ କରିଥିବା ମନେ ହୁଏ । ଏଥି ପାଇଁ ସାଧାରଣରେ ମୁଖ୍ୟମନ୍ତ୍ରୀ ମୁଖ୍ୟମନ୍ତ୍ରୀ କ୍ଷମା ମାଗନ୍ତୁ, ଏଣୁ ସାମ୍ବିଧାନିକ ନିୟମକୁ ଭଙ୍ଗ କରି ଅସମ୍ମାନ କରି ମନୁବାଦକୁ ଆପଣାଇଥିବା ଦଳ ବିଜେପି ଓ ବିଜେଡ଼ି ସମଦାୟୀ । ଏଣୁ ତୁରନ୍ତ ଦଳିତ ନିର୍ଯ୍ୟାତନା ଆଇନ ଅନୁସାରେ ଦୋଷିଙ୍କୁ ଗିରଫ କରିବା ପାଇଁ ଏବଂ ସେମାନଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ସମ୍ବିଧାନକୁ ସମ୍ମାନ ଦେବା ପାଇଁ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବି କରାଯାଉଛି । ଯଦି ଦୋଷୀମାନଙ୍କ ପ୍ରତି ଖୁବ୍ ଶୀଘ୍ର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାନଯାଏ ତେବେ ଆଗାମୀ ଦିନରେ କଂଗ୍ରେସ ଅନୁସୂଚିତ ଜାତିବିଭାଗ ପକ୍ଷରୁ ଆନ୍ଦୋଳନାତ୍ମକ ପନ୍ଥା ଅବଲମ୍ବନ କରାଯିବ । ଏହି ସାମ୍ବାଦିକ ସମ୍ମିଳନୀରେ ପ୍ରଦେଶ କଂଗ୍ରେସ ଅନୁସୂଚୀତ ଜାତି ବିଭାଗ ଅଧକ୍ଷ ଶ୍ରୀ ବାଙ୍କନିଧି ବେହେରା ଅଧକ୍ଷତା କରିଥିବା ବେଳେ ବିଧାୟକ ସଂତୋଷି ସିଂ ସାଲୁଜା, ପିସିସି ମୁଖପାତ୍ର ଅମିୟ ପାଣ୍ଡବ, ସାଧାରଣ ସଂପାଦକ ଚିନ୍ମୟ ସୁନ୍ଦର ଦାସ ଓ ଖୋର୍ଦ୍ଧା ଜିଲ୍ଲା ଅନୁସୂଚିତ ଜାତି ବିଭାଗ ଅଧକ୍ଷ ଜୟନ୍ତ ଭୋଇ ଉପସ୍ଥିତ ଥିଲେ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web :www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web :www.maharishipublicschool.com


# ଭୁବନ ହାଇସ୍କୁଲ ପ୍ଲାଟିନମ୍ ଜୁବଲି ମହୋତ୍ସବ

ଭୁବନ, (ପି.ଏନ): ଢ଼େଙ୍କାନାଳ ଜିଲ୍ଲାର ପୁରାତନ ବିଦ୍ୟାଳୟ ଭୁବନ ଉଚ୍ଚ ବିଦ୍ୟାଳୟ ପ୍ଲାଟିନମ ଜୁବୁଲି ( ହୀରକ ଜୟନ୍ତୀ ) ପାଳନ ନିମନ୍ତେ ଚୁଡାନ୍ତ ପ୍ରସ୍ତୁତି ବୈଠକ ପୁରାତନ ଛାତ୍ର କୃଷ୍ଣ ଚନ୍ଦ୍ର ଆଇଚଙ୍କ ଅଧକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ବିଜ୍ଞାନ ଶିକ୍ଷକ ଗଣେଶ୍ୱର ସାହୁଙ୍କ ସଂଯୋଜନାରେ ଅନୁଷ୍ଠିତ ବୈଠକରେ ଶତାଧିକ ପୁରାତନ ଛାତ୍ର ଉପସ୍ଥିତ ରହି ନିଜ ନିଜର ପ୍ରସ୍ତାବ ଏବଂ ମତ ରଖିଥିଲେ। ପ୍ଲାଟିନମ୍ ଜୁବଲି ମହୋତ୍ସବ ନିମନ୍ତେ ଏକ କମିଟି ଗଠନ କରାଯାଇଥିଲା । ପଞ୍ଜାବ ନେସନାଲ ବ୍ୟାଙ୍କ (ପି ଏନ୍ ବି) ନୂଆଦିଲ୍ଲୀର ଅବସରପ୍ରାପ୍ତ (ସିଜିଏମ) ପୁରାତନ ଛାତ୍ର ଧନେଶ୍ୱର ସାହୁ ଙ୍କୁ ସର୍ବ ସମ୍ମତ କ୍ରମେ ସଭାପତି ଭାବେ ଚୟନ କରାଯାଇଥିଲା। ନିଶାକର ସାହୁ ସମ୍ପାଦକ, ଦୁର୍ଯ୍ୟୋଧନ ସାହୁ ଉପସଭାପତି, ଅବସରପ୍ରାପ୍ତ ଜିଏମ,ଏସ ବିଆଇ ଗଦାଧର ଦାସ କୋଷାଧକ୍ଷ ଏବଂ କୃଷ୍ଣ ଚନ୍ଦ୍ର ଆଇଚଙ୍କୁ ଆବାହକ ଭାବେ ଚୟନ କରାଯାଇଥିଲା। ମହୋତ୍ସବ ଦୁଇ ଦିନ ଧରି ହେବ। ଚଳିତ ବର୍ଷ ଡିସେମ୍ବର ୯ ଏବଂ ୧୦ ତାରିଖ ରେ ମହୋତ୍ସବ ପାଳନ କରାଯିବାକୁ ସର୍ବ ସମ୍ମତ କ୍ରମେ ନିଷ୍ପତି ହୋଇଥିଲା । ଚୂଡାନ୍ତ ପ୍ରସ୍ତୁତି ବୈଠକରେ ପୁରାତନ ଛାତ୍ର ନଗରପାଳ ଶୁଭେନ୍ଦୁ କୁମାର ସାହୁ, ଧନେଶ୍ୱର ସାହୁ, ନବକିଶୋର ଗୁରୁ, କୈଳାଶ ଗୁରୁ, ବେଣୁଧର ପୃଷ୍ଟି, ଦିଲ୍ଲୀପ କୁମାର ଦାସ, ନରହରି ସାହୁ, ବ୍ରହ୍ମାନନ୍ଦ ସାହୁ, ସୁବ୍ରତ କୁମାର ସାହୁ, ପ୍ରଭାସ ସେନାପତି, ବିନୋଦ ମହାରଣା, ଦୀପକ ବେହେରା, ଅମ୍ବୁଜ ସାହୁ,ନିରଞ୍ଜନ ଗୁରୁ, ରାମ ଚନ୍ଦ୍ର ରାଉତ, ସନାତନ ଗୁରୁ, ଗଣେଶ୍ୱର ଦାସ, ହୃଷୀକେଶ ସାହୁ, ଅଜୟ କୁମାର ପଣ୍ଡା, ସୁବାସ ଚନ୍ଦ୍ର ମେହେଣା, ପ୍ରେମାନନ୍ଦ ପାଣିଗ୍ରାହୀ, ଡଃ. ସୁବାଷ ନାୟକ, ଭଗ୍ୱାନ ଗୁରୁ, ଦିଲ୍ଲୀପ ଦାସ ପ୍ରମୁଖ ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ' ସ୍ମରଣିକା ' ପାଇଁ ପୁରାତନ ଛାତ୍ର ମାନେ ନଭେମ୍ବର ମାସ ୫ ତାରିଖ ସୁଦ୍ଧା ସେମାନଙ୍କ ଲେଖା ଅଧ୍ୟାପକ କୈଳାସ ଚନ୍ଦ୍ର ଗୁରୁଙ୍କୁ ପ୍ରଦାନ କରିବାକୁ ପରାମର୍ଶ ଦିଆଯାଇଥିଲା । କାର୍ଯ୍ୟକ୍ରମ ର ସଫଳତା ପାଇଁ ପୁରାତନ ଛାତ୍ର ମାନେ ଉଭୟ ଅନଲାଇନ୍ ଓ ଅଫଲାଇନ୍ ରେ ୧ ହଜାର ଟଙ୍କା ପ୍ରଦାନ କରି ନାମ ପଞ୍ଜିକରଣ କରିବାକୁ ନିବେଦନ କରାଯାଇଥିଲା । ଏହା ବ୍ୟତୀତ ପୁରାତନ ବହୁ ସଂଖ୍ୟାରେ ଉପସ୍ଥିତ ରହି ନିଜ ସାମର୍ଥ୍ୟ ଅନୁଯାୟୀ ଆର୍ଥିକ ସହଯୋଗ କରିବା ପାଇଁ ଅନୁରୋଧ କରାଯାଇଥିଲା ।

## ହିଙ୍ଗୁଳା ମନ୍ଦିରରେ ନବରାତ୍ର ପୂଜା ଅନୁଷ୍ଠିତ

ଭୁବନ, (ପି.ଏନ): ଭୁବନ ର ପ୍ରସିଦ୍ଧ ଶକ୍ତି ପୀଠ ମା ହିଙ୍ଗୁଳାଙ୍କ ମନ୍ଦିରରେ ମା ହିଙ୍ଗୁଳା, ମା ଶାରଳାଙ୍କ ନବରାତ୍ର ପୂଜା ମହାସମାରୋହରେ ଅନୁଷ୍ଠିତ ହୋଇଯାଇଛି। ଗତ ୧୫ ତାରିଖ ଠାରୁ ୨୩ ତାରିଖ ପର୍ଯ୍ୟନ୍ତ ଦୈନିକ ନିତିକାନ୍ତି ହୋଇ ପୂଜା ଅନୁଷ୍ଠିତ ହୋଇଥିଲା। ମାତା ଶୈଳପୁତ୍ରୀ, ବ୍ରହ୍ମଚାରିଣୀ, ଚନ୍ଦ୍ରଘଂଟା, କୁଷ୍ମଣ୍ଡା, ସ୍କନ୍ଦମାତା, କାତ୍ୟାୟିନୀ, କାଳରାତ୍ରୀଙ୍କୁ ପୂଜାର୍ଚ୍ଚନା କରାଯାଇଥିଲା । ବହୁ ସଂଖ୍ୟାରେ ଶ୍ରଦ୍ଧାଳୁ ଭକ୍ତମାନେ ମା ଙ୍କୁ ଦର୍ଶନ କରି ଆଶୀର୍ବାଦ ଭିକ୍ଷା କରିଥିଲେ ।ପରିଚାଳନା କମିଟି ତରଫରୁ ସଭାପତି ଶଶି ଭୂଷଣ ପୃଷ୍ଟି କର୍ତା ସାଜିଥିଲା ବେଳେ ଦିଲ୍ଲୀପ ଦାସ, ଅମ୍ବୁଜ ସାହୁ, ନିରଞ୍ଜନ ଗୁରୁ, ସତ୍ୟାନନ୍ଦ ପୃଷ୍ଟି, ଖଗେଶ୍ୱର ନାୟକ, ଧନେଶ୍ୱର ସାହୁ, ଦେବେନ୍ଦ୍ର ପୃଷ୍ଟି ଙ୍କ ସମେତ ସମସ୍ତ ସଦସ୍ୟ ସକ୍ରିୟ ଅଂଶଗ୍ରହଣ ଓ ସହଯୋଗ କରିଥିଲେ।

## ବିଧାୟକଙ୍କଦ୍ୱାରା ସ୍ୱାସ୍ଥ୍ୟକେନ୍ଦ୍ରର ନୂତନ ଗୃହ ଉଦ୍‌ଘାଟିତ



ଫୁଲନଖରା (ପିଏନ୍)-ନିଆଳି ବିଧାୟକ ଡାକ୍ତର ପ୍ରଫେସର ପ୍ରମୋଦକୁମାର ମଲିକଙ୍କଦ୍ୱାରା ନବନିର୍ମିତ ମହୀଧରପଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ନୂତନ ଗୃହ ଉଦ୍‌ଘାଟିତ ହୋଇଯାଇଛି। ଏହି ଉପଲକ୍ଷେ ଆୟୋଜିତ କାର୍ଯ୍ୟକ୍ରମରେ ବିଧାୟକଙ୍କ ସମେତ ବାରଙ୍ଗ ବ୍ଲକ ଅଧକ୍ଷ ସରୋଜକୁମାର ସାହୁ, ବ୍ଲକ ବିଜେଡ଼ି ସଭାପତି ଗୋଲେଖ ପାତ୍ର, ଜିଲାପରିଷଦ ସଭ୍ୟା ପୁଷ୍ପଲତା ପାତ୍ର, ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ସୁଭାଷଚନ୍ଦ୍ର ଗୋଛାୟତ, ଫାର୍ମାସିଷ୍ଟ ଭରତଚନ୍ଦ୍ର ମଲିକ, ଜନସ୍ୱାସ୍ଥ୍ୟ ସମ୍ପ୍ରସାରଣ ଅଧିକାରୀ ସନାତନ ବେହେରା, ଡାକ୍ତର ରେଖା ଭଗତ ପ୍ରମୁଖ ଯୋଗଦେଇଥିଲେ। ସ୍ୱାସ୍ଥ୍ୟକେନ୍ଦ୍ର ସମ୍ମୁଖରେ ଥିବା କେନାଲ ପୋଲଟି ଅତି ବିପଦସଂକୁଳ ଅବସ୍ଥାରେ ଥିବାରୁ ଏହାର ତୁରନ୍ତ ନିର୍ମାଣ କାର୍ଯ୍ୟ ଆରମ୍ଭ କରିବାକୁ ବିଧାୟକଙ୍କ ନିକଟରେ ଦାବି ହୋଇଥିଲା। ଅନ୍ୟମାନଙ୍କ ମଧ୍ୟରେ ରୋଗୀ କଲ୍ୟାଣ ସମିତି ସଭ୍ୟ ଘନଶ୍ୟାମ ପାତ୍ର, ଲଳିତକୁମାର ଦାଶ, ସାମ୍ବାଦିକ ସୁରେନ୍ଦ୍ର ମହାପାତ୍ର, ଗଗନବିହାରୀ ଜେନା, ଗ୍ରାମ୍ୟ ଉନ୍ନୟନ ବିଭାଗ ସହକାରୀ ନିର୍ବାହୀ ଯନ୍ତ୍ରୀ ଓ କନିଷ୍ଠ ଯନ୍ତ୍ରୀଙ୍କ ସମେତ ସ୍ୱାସ୍ଥ୍ୟକେନ୍ଦ୍ର ଡାକ୍ତର ଓ କର୍ମଚାରୀମାନେ ଉପସ୍ଥିତ ଥିଲେ। ସୂଚନାଯୋଗ୍ୟ ଏହି ବ୍ୟସ୍ତବହୁଳ ସ୍ୱାସ୍ଥ୍ୟକେନ୍ଦ୍ରଟି ୬୦ ବର୍ଷର ପୁରୁଣା ଘରେ ନାନା ସମସ୍ୟା ମଧ୍ୟ ଦେଇ ଚାଲିଥିଲା ଏବଂ ଜନସାଧାରଣ ବହୁବାର ଦାବି ଓ ଆନ୍ଦୋଳନ କରିବା ପରେ ୫୬ ଲକ୍ଷ ଟଙ୍କା ବ୍ୟୟରେ ଏହି ନୂତନ ବିଲଡ଼ିଙ୍ଗ ନିର୍ମାଣ ହୋଇଛି।

## ମୁକ୍ତେଶ୍ୱର ଓ ଅନନ୍ତ ଗୋପାଳ ପୀଠରେ ଗୀତା ଜୟନ୍ତୀ ପାଳିତ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ଅନ୍ତର୍ଗତ ନୁଆଗାଁ ମୁକ୍ତେଶ୍ୱର ମନ୍ଦିର ପରିସରରେ ସରୋଜିନୀ ସ୍ୱାଇଁ ସ୍ମୃତି ସଂସଦ ପକ୍ଷରୁ ଗୀତା ଜୟନ୍ତୀ ଉତ୍ସବ ପାଳିତ ହୋଇଯାଇଛି । ଅବସରପ୍ରାପ୍ତ ଶିକ୍ଷକ ପ୍ରଫୁଲ୍ଲ ଚନ୍ଦ୍ର ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଗୀତା ଜୟନ୍ତୀ ଉତ୍ସବରେ ଗୀତା ପାଠ ସହିତ ଗୀତା ଯଜ୍ଞ ଅନୁଷ୍ଠିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ ଶିକ୍ଷକ ନେତା ଯୁଧିଷ୍ଠିର ସ୍ୱାଇଁ, ବେଣୁଧର ନାୟକ, ଗୋଲକ ଚନ୍ଦ୍ର ପଲେଇ, ଈଶ୍ୱର ଚନ୍ଦ୍ର ପ୍ରଧାନ, କୃଷ୍ଣ ଚନ୍ଦ୍ର ବେହେରା, ପରମାନନ୍ଦ



ପାତ୍ର ଓ ଦେବେନ୍ଦ୍ର ନାୟକ ପ୍ରମୁଖ ଉପସ୍ଥିତ ରହି ଗୀତା ପାଠ କରିଥିଲେ । ଗୀତା ଏକ ଶ୍ରେଷ୍ଠ ଗ୍ରନ୍ଥ ହୋଇଥିବାରୁ ଏହା ମାନବ ଜୀବନ ପାଇଁ ଦୈନିକ ପଠନ ଅପରିହାର୍ଯ୍ୟ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ । ଏହି ଉତ୍ସବରେ ସ୍ଥାନୀୟ ଅଂଚଳର ବହୁ ଲୋକ ଯୋଗଦେଇ ଗୀତାପାଠର ଉପକାରିତା ସମ୍ପର୍କରେ ଅବଗତ ହୋଇଥିଲେ । ସେହିପରି ଅରାବଳ ପଂଚାୟତରେ ଶ୍ରୀ ଅନନ୍ତ ଗୋପାଳ ଗୀତା ଭାଗବତ ଅନୁଷ୍ଠାନ ଆନୁକୂଲ୍ୟରେ ୨୫ତମ ଗୀତା ଜୟନ୍ତୀ ଉତ୍ସବ ପାଳିତ ହୋଇଯାଇଛି । ପ୍ରତିବର୍ଷ ପରି ଗୀତା ଜୟନ୍ତୀ ଅବସରରେ ଗୀତା ପାଠ କରାଯିବା ସହିତ ଯଜ୍ଞ କାର୍ଯ୍ୟ ଅନୁଷ୍ଠିତ ହୋଇଥାଏ । ଏହି ଅବସରରେ ପ୍ରବଚନ କାର୍ଯ୍ୟକ୍ରମ ସହିତ ଭଜନ ସନ୍ଧ୍ୟା ଅନୁଷ୍ଠିତ ହୋଇଥାଏ । ଶେଷ ଦିବସରେ ପୂର୍ଣ୍ଣାହୂତି କରାଯିବା ସହିତ ବିଭିନ୍ନ କ୍ଷେତ୍ରରେ କୃତିତ୍ୱ ଅର୍ଜନ କରିଥିବା ବ୍ୟକ୍ତିବିଶେଷଙ୍କୁ ଅନୁଷ୍ଠାନ ପକ୍ଷରୁ ପୁରସ୍କୃତ କରାଯାଇଥାଏ ।

୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ
ଖେଳ ପର୍ଯ୍ୟବେକ୍ଷକ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ
Bhubaneswar Saturday March 29 | ଭୁବନେଶ୍ୱର ଶନିବାର, ମାର୍ଚ୍ଚ ୨୯, ୨୦୨୫ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com


# କିଟ୍‌ରେ ସହଯୋଗାତ୍ମକ ଶିକ୍ଷଣ କାର୍ଯ୍ୟକ୍ରମ

## ମଧୁର ସ୍ମୃତି ନେଇ ଫେରିଲେ ୱାଶିଂଟନ୍ ବିଶ୍ୱବିଦ୍ୟାଳୟ ପ୍ରତିନିଧିମଣ୍ଡଳ



ଭୁବନେଶ୍ୱର,(ପି.ଏନ): ମଧୁର ସ୍ମୃତି ନେଇ ସ୍ୱଦେଶ ଫେରିଛନ୍ତି ୱାଶିଂଟନ୍ ବିଶ୍ୱବିଦ୍ୟାଳୟ ପ୍ରତିନିଧିମଣ୍ଡଳ। ବିଦେଶୀ ବିଶ୍ୱବିଦ୍ୟାଳୟ ଓ ଭାରତୀୟ ବିଶ୍ୱବିଦ୍ୟାଳୟ ମଧ୍ୟରେ ଶିକ୍ଷା ବିନିମୟକୁ ପ୍ରାୟତଃ ସାଂସ୍କୃତିକ, ଶିକ୍ଷା ଓ ଗବେଷଣା ସହଯୋଗ ଦୃଷ୍ଟିକୋଣରୁ ଦେଖାଯାଏ। ଏହି କ୍ରମରେ ୧୦ ଦିନିଆ ଶିକ୍ଷା ବିନିମୟ କାର୍ଯ୍ୟକ୍ରମରେ କିଟ୍ ଓ କିସ୍‌କୁ ଆସିଥିବା ୱାଶିଂଟନ୍ ବିଶ୍ୱବିଦ୍ୟାଳୟ-ବୋଥେଲର ୧୮ ଜଣିଆ ପ୍ରତିନିଧିମଣ୍ଡଳ ଏହି କାର୍ଯ୍ୟକ୍ରମକୁ ଆଗେଇ ନେଇଛନ୍ତି। ୱାଶିଂଟନ୍ ବିଶ୍ୱବିଦ୍ୟାଳୟ ପ୍ରତିନିଧିଙ୍କ ଏକ ଗସ୍ତ ଏକ ନୂତନ ଧାରା ସୃଷ୍ଟି କରିଛି। ଏଥିରେ ୱାଶିଂଟନ୍ ବିଶ୍ୱବିଦ୍ୟାଳୟର ୧୧ଜଣ ଛାତ୍ରଛାତ୍ରୀ ୨ ପ୍ରାଧ୍ୟାପକ ଓ କିଟ୍ ମ୍ୟାନେଜମେଣ୍ଟ ସ୍କୁଲ୍‌ର ୧୧ଜଣ ଛାତ୍ରଛାତ୍ରୀ ମିଳିତ ଭାବେ କ୍ଷେତ୍ର ଅଧ୍ୟୟନ କାର୍ଯ୍ୟକ୍ରମରେ ସାମିଲ୍ ହୋଇଥିଲେ। ସେହିପରି ୱାଶିଂଟନ୍ ବିଶ୍ୱବିଦ୍ୟାଳୟର ୫ଜଣ ପ୍ରାଧ୍ୟାପକ କିଟ୍ ଓ କିସ୍‌ର ବିଭିନ୍ନ ସ୍କୁଲ୍‌ରେ ଶିକ୍ଷାଦାନ ଓ ଜ୍ଞାନ ବିନିମୟ କାର୍ଯ୍ୟରେ ନିୟୋଜିତ ଥିଲେ।

ସମୃଦ୍ଧ, ବିବିଧ ଶିକ୍ଷଣ ଅଭିଜ୍ଞତା ସୃଷ୍ଟି କରିବା ପାଇଁ ବିଭିନ୍ନ ଅନୁଷ୍ଠାନରେ ବିଶେଷଜ୍ଞମାନେ ଏକତ୍ରିତ ହୋଇଥିବାରୁ ଏଭଳି ସହଯୋଗପୂର୍ଣ୍ଣ ଶିକ୍ଷାଦାନ ମଡେଲ୍ ଅନ୍ତର୍ଜାତୀୟ ଶିକ୍ଷା କାର୍ଯ୍ୟକ୍ରମରେ ଏକ ଉତ୍କୃଷ୍ଟ ଉଦାହରଣ ବୋଲି କୁହାଯାଇପାରେ। ଏଥିରେ ନିୟୋଜିତ ଥିବା ଉଭୟ ବିଶ୍ୱବିଦ୍ୟାଳୟର ଛାତ୍ରଛାତ୍ରୀ ଓ ପ୍ରାଧ୍ୟାପକଙ୍କ ଶୈକ୍ଷିକ ତଥା ଶିକ୍ଷାର ବ୍ୟବହାରିକ ପ୍ରୟୋଗ ସାମୂହିକ ବୁଦ୍ଧିମତାର ଶକ୍ତିକୁ ପ୍ରଦର୍ଶନ କରିପାରିଛି। ସ୍ଥାନୀୟ ତଥ୍ୟର ସହଜ ପ୍ରୟୋଗ କରି ଛାତ୍ରଛାତ୍ରୀମାନେ ପ୍ରସଙ୍ଗ ଭିତ୍ତିକ ସମସ୍ୟାର ସମାଧାନ କରିବାରେ ସକ୍ଷମ ହୋଇଥିଲେ। ଏହା ସହିତ ଛାତ୍ରଛାତ୍ରୀମାନେ ସ୍ଥାନୀୟ ଅର୍ଥନୈତିକ ବାସ୍ତବତାକୁ ଅନ୍ତର୍ଜାତୀୟ ଶୈକ୍ଷିକ ଦୃଷ୍ଟିକୋଣ ସହିତ ସମନ୍ୱୟ ରକ୍ଷା କରି ସାଂସ୍କୃତିକ ଏବଂ ବଜାରର ସୂକ୍ଷ୍ମତାକୁ ବିଚାରକୁ ନେଇ ବ୍ୟବହାରିକ ସମାଧାନ କରିବାରେ ନିଜକୁ ପ୍ରସ୍ତୁତ କରିପାରିଛନ୍ତି। ଗୋଟିଏ ପଟେ କିଟ୍ ଛାତ୍ରଛାତ୍ରୀମାନେ ଅନ୍ତର୍ଜାତୀୟ ବ୍ୟବସାୟ ଢାଞ୍ଚା ବିଷୟରେ ଜ୍ଞାନ ଆହରଣ କରିଥିବା ବେଳେ ୱାଶିଂଟନ ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀମାନେ ଭାରତରେ ଉଦ୍ୟୋଗୀ ଇକୋସିଷ୍ଟମକୁ ପ୍ରତ୍ୟକ୍ଷ ଭାବରେ ଅନୁଭବ କରିଥିଲେ। କିଟ୍ ଓ କିସ୍ ସହ ୱାଶିଂଟନ ବିଶ୍ୱବିଦ୍ୟାଳୟ-ବୋଥେଲ ପ୍ରତିନିଧିମଣ୍ଡଳର ଶୈକ୍ଷିକ ସହଯୋଗ କେବଳ ଏକ ବିନିମୟ କାର୍ଯ୍ୟକ୍ରମ ନଥିଲା, ବରଂ ଶିକ୍ଷାଦାନ, ବ୍ୟବସାୟିକ ସମସ୍ୟା ସମାଧାନ ଏବଂ ପାରସ୍ପରିକ ସାଂସ୍କୃତିକ ଶିକ୍ଷାର ସମନ୍ୱୟରେ ପ୍ରଥମ ଥର ଲାଗି ଭାରତରେ ଏଭଳି ଏକ କାର୍ଯ୍ୟକ୍ରମ ହୋଇପାରିଲା। ଉଭୟ ବିଶ୍ୱବିଦ୍ୟାଳୟର ଏହି ସଫଳ ସହଯୋଗିତା ବିଶ୍ୱର ଅନ୍ୟ ବିଶ୍ୱବିଦ୍ୟାଳୟଗୁଡ଼ିକ ପାଇଁ ଉଦାହରଣ ସୃଷ୍ଟି କରିଛି। ତେଣୁ ଉଚ୍ଚଶିକ୍ଷା ପ୍ରତିଷ୍ଠାନଗୁଡ଼ିକୁ ବିନିମୟ କାର୍ଯ୍ୟକ୍ରମର ପାରମ୍ପରିକ ଧାରଣାରୁ ଆଗକୁ ଯାଇ ବାସ୍ତବ ବିଶ୍ୱ ସମସ୍ୟା ସମାଧାନକୁ ପ୍ରାଥମିକତା ଦିଗରେ ଶିକ୍ଷାଦାନ ମଡେଲଗୁଡ଼ିକୁ ଗ୍ରହଣ କରିବା ଉଚିତ ବୋଲି ୱାଶିଂଟନ ବିଶ୍ୱବିଦ୍ୟାଳୟ ପ୍ରତିନିଧିମାନେ ପ୍ରକାଶ କରିଛନ୍ତି। କିଟ୍ ବିଶ୍ୱବିଦ୍ୟାଳୟର ଏହି ଅଗ୍ରଣୀ ଆଭିମୁଖ୍ୟ ଅନ୍ତର୍ଜାତୀୟ ଶିକ୍ଷାର ଭବିଷ୍ୟତ କେବଳ ସିଦ୍ଧାନ୍ତରେ ସୀମିତ ନରହି ବ୍ୟବହାରିକ ହୋଇପାରିଛି ବୋଲି ସେମାନେ ମତ ଦେଇଥିଲେ।

# ନିର୍ଦ୍ଧାରିତ ସମୟ ପୂର୍ବରୁ ସ୍କ୍ରାପ୍ ବିକ୍ରୟ ଲକ୍ଷ୍ୟ ହାସଲ କଲା ପୂର୍ବତଟ ରେଳପଥ



ଭୁବନେଶ୍ୱର,(ପି.ଏନ): ଏକ ଉଲ୍ଲେଖନୀୟ ସଫଳତାରେ, ପୂର୍ବତଟ ରେଳପଥ ଚଳିତ ଆର୍ଥିକ ବର୍ଷ ଶେଷ ହେବାର ୧୦ ଦିନ ପୂର୍ବରୁ ୨୫୦ କୋଟି ଟଙ୍କାର ସ୍କ୍ରାପ୍ ବିକ୍ରୟ ଲକ୍ଷ୍ୟକୁ ସଫଳତାର ସହ ଅତିକ୍ରମ କରିଛି । ରେଳବାଇ ବୋର୍ଡ ଦ୍ୱାରା ୨୦୨୪-୨୫ ଆର୍ଥିକ ବର୍ଷ ପାଇଁ ୨୫୦ କୋଟି ଟଙ୍କାର ଲକ୍ଷ୍ୟ ଧାର୍ଯ୍ୟକୁ ୨୧ ମାର୍ଚ୍ଚ, ୨୦୨୫ ରେ ହାସଲ କରାଯାଇଥିଲା। ଏହି ତାରିଖ ସୁଦ୍ଧା, ପୂର୍ବତଟ ରେଳପଥ ମୋଟ ୨୬୫.୬୨ କୋଟି ଟଙ୍କାର ସ୍କ୍ରାପ୍ ବିକ୍ରୟ ରେକର୍ଡ କରିଛି, ଯାହା ମୂଳ ଲକ୍ଷ୍ୟକୁ ଅତିକ୍ରମ କରିଛି ।ପୂର୍ବତଟ ରେଳପଥ ମହାପ୍ରବନ୍ଧକ ଶ୍ରୀ ପରମେଶ୍ୱର ଫୁଙ୍କୱାଲ ସ୍କ୍ରାପ୍ ବିକ୍ରୟ ପ୍ରକ୍ରିୟାରେ ସାମିଲ ଥିବା ସମଗ୍ର ଦଳକୁ ସେମାନଙ୍କର ଉଲ୍ଲେଖନୀୟ ପ୍ରୟାସ ପାଇଁ ଅଭିନନ୍ଦନ ଜଣାଇଛନ୍ତି । ପ୍ରମୁଖ ମୁଖ୍ୟ ଭଣ୍ଡାର ପ୍ରବନ୍ଧକ ଶ୍ରୀ ପ୍ରେମ ନାରାୟଣଙ୍କ ଦ୍ୱାରା ସ୍କ୍ରାପ୍ ବିକ୍ରୟ ବ୍ୟବସ୍ଥାର ସଠିକ ମାର୍ଗଦର୍ଶନ ଏବଂ ନିରନ୍ତର ସମୀକ୍ଷା ଯୋଗୁଁ ଏହି ମାଇଲଖୁଣ୍ଟ ସମ୍ଭବ ହୋଇପାରିଛି । ଏହି ସଫଳତା ପୂର୍ବତଟ ରେଳପଥର ବିଭିନ୍ନ ରେଳ ମଣ୍ଡଳ ଯଥା ଖୋର୍ଦ୍ଧା ରୋଡ୍, ସମ୍ବଲପୁର, ୱାଲଟିୟର ଏବଂ ମଞ୍ଚେଶ୍ୱରର ରେଳ ଡ଼ବା ମରାମତି କାରଖାନାରେ ଥିବା ସ୍କ୍ରାପ୍ ୟାର୍ଡରେ ଅନୁଷ୍ଠିତ ୨୦୪ ଟି ନିଲାମ ତାରିଖ ମାଧ୍ୟମରେ ସମ୍ଭବ ହୋଇପାରିଛି । ଏହି ରେଳ ମଣ୍ଡଳ ଗୁଡ଼ିକ ବିଭିନ୍ନ ସ୍କ୍ରାପ୍ ସାମଗ୍ରୀ ଯେପରିକି ବ୍ୟବହାର ଅନୁପଯୋଗୀ କରାଯାଇଥିବା ରୋଲିଂ ଷ୍ଟକ୍, ଲୋକୋମୋଟିଭ୍, କୋଚ୍ ଏବଂ ୱାଗନ୍, ସ୍କ୍ରାପ୍ ରେଲ, ରେଳ ଧାରଣାରେ ବ୍ୟବହୃତ ହୋଇଥିବା ଅକାମି ଜିନିଷ ଏବଂ କର୍ମଶାଳାରୁ ବାହାରିଥିବା ଅବ୍ୟବହୃତ ସ୍କ୍ରାପ୍ ବିକ୍ରୟକୁ ସହଜ କରିଥିଲେ । ଏହା ସହିତ, ଫେରସ୍, ଅଣ-ଫେରସ୍ ଏବଂ ଅଣ-ଧାତୁ ସ୍କ୍ରାପ୍ ଏବଂ ଅକାମି କରାଯାଇଥିବା ଯନ୍ତ୍ରପାତି, ଯାନବାହାନ ଏବଂ ଅଫିସ୍ ଉପକରଣଗୁଡ଼ିକୁ 'ଯେପରି ଅଛି ଯେଉଁଠାରେ ଅଛି' ଆଧାରରେ ନିଲାମ କରାଯାଇଥିଲା ।ସ୍କ୍ରାପ୍ କୁ ଦକ୍ଷତାର ସହିତ ନିଷ୍କାସନ କରି, ପୂର୍ବତଟ ରେଳପଥ ସଫଳତାର ସହିତ 'ଅବର୍ଜନାକୁ ସମ୍ପତ୍ତିରେ' ରୂପାନ୍ତରିତ କରିଛି । ମାର୍ଚ୍ଚ ୨୭, ୨୦୨୫ ସୁଦ୍ଧା ୨୬୫.୬୨ କୋଟି ଟଙ୍କା ଏହି ବାବଦରେ ଆୟ କରାଯାଇ ଅଛି । ଏହା ବ୍ୟତୀତ, ରେଳବାଇ ପରିସରରୁ ସ୍କ୍ରାପ୍ ଅପସାରଣ ପରିବେଶ ଉପରେ ଏହାର ପ୍ରତିକୂଳ ପ୍ରଭାବକୁ ହ୍ରାସ କରି ପରିବେଶଗତ ସ୍ଥିରତାରେ ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିଅଛି । ୨୦୨୪-୨୫ ଆର୍ଥିକ ବର୍ଷରେ, ପୂର୍ବତଟ ରେଳପଥ ସ୍କ୍ରାପ୍ ନିଷ୍କାସନରୁ ?୨୬୫.୬୨ କୋଟି ଟଙ୍କା ଆୟ କରିଛି ଯାହାକି ପୂର୍ବ ଆର୍ଥିକ ବର୍ଷ ଆୟ ୨୫୮.୧୬ କୋଟି ଠାରୁ ୭.୪୬ କୋଟି ଟଙ୍କା ଅଧିକ ଅଟେ । ରେଳ ବୋର୍ଡ ପକ୍ଷରୁ ପୂର୍ବତଟ ରେଳପଥ ପାଇଁ ସ୍କ୍ରାପ୍ ଅପସାରଣ ବାବଦରେ ୨୫୦ କୋଟି ଟଙ୍କା ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲା ।ପୂର୍ବତଟ ରେଳପଥ ଗତ ପାଞ୍ଚ ବର୍ଷ ଧରି ରେଳ ବୋର୍ଡ ଦ୍ୱାରା ନିର୍ଦ୍ଧାରିତ ସ୍କ୍ରାପ୍ ବିକ୍ରୟ ଲକ୍ଷ୍ୟକୁ ନିରନ୍ତର ଅତିକ୍ରମ କରିଚାଲିଛି । ଏକ ସ୍କ୍ରାପ୍-ମୁକ୍ତ ଏବଂ ପରିବେଶ-ଅନୁକୂଳ ରେଳ ଜୋନ୍ ବଜାୟ ରଖିବା ପାଇଁ ନିରନ୍ତର ପ୍ରୟାସରେ ପୂର୍ବତଟ ରେଳପଥ ଏହାର କ୍ଷେତ୍ରାଧିକାରରୁ ସର୍ବାଧିକ ସ୍କ୍ରାପ୍ ଅପସାରଣ ସୁନିଶ୍ଚିତ କରିଛି ।ଯନ୍ତ୍ରପାତି, ଉପକରଣ ଏବଂ ସମ୍ପତ୍ତି ସହିତ ଜଡିତ ଶିଳ୍ପ କାର୍ଯ୍ୟକଳାପର ଏକ ଅନିବାର୍ଯ୍ୟ ଫଳାଫଳ ହେଉଛି ସ୍କ୍ରାପ୍ ଉତ୍ପାଦନ । ସେମାନଙ୍କର ସେବା ଜୀବନ ସମାପ୍ତ କରିବା ପରେ, ଏହି ସମ୍ପତ୍ତିଗୁଡ଼ିକୁ ଉନ୍ନତ କାର୍ଯ୍ୟଦକ୍ଷତା ଏବଂ ସୁରକ୍ଷା ପାଇଁ ବଦଳ ଆବଶ୍ୟକ । ସମୟୋଚିତ ନିଷ୍କାସନକୁ ସହଜ କରିବା ପାଇଁ, ପୂର୍ବତଟ ରେଳପଥ ୨୦୧୩ ରୁ ଏହାର ସମର୍ପିତ ଭାରତୀୟ ରେଳବାଇ ଇ-ପ୍ରୋକ୍ୟୁରମେଣ୍ଟ ପ୍ରଣାଳୀ (IREPS) ପୋର୍ଟାଲ୍ ମାଧ୍ୟମରେ ଇ-ନିଲାମ ପରିଚାଳନା କରିଆସୁଛି । ବର୍ତ୍ତମାନ ସୁଦ୍ଧା ୪,୦୦୦ ରୁ ଅଧିକ ବିକ୍ରେତା ଏହି ପୋର୍ଟାଲରେ ପଞ୍ଜୀକୃତ ହୋଇଛନ୍ତି ଯାହା ଏକ ସ୍ୱଚ୍ଛ ଏବଂ ଦକ୍ଷ ନିଲାମ ପ୍ରକ୍ରିୟା ସୁନିଶ୍ଚିତ କରିଥାଏ ।

# ଜଷ୍ଟିସ ଏସ୍. ମୁରଲୀଧର ହେଲେ କେନ୍ଦ୍ରୀୟ ଗାନ୍ଧୀ ସ୍ମାରକ ନିଧିର ଟ୍ରଷ୍ଟି

ନୂଆଦିଲ୍ଲୀ, (ପି.ଏନ): ଓଡ଼ିଶା ଉଚ୍ଚ ନ୍ୟାୟାଳୟର ପୂର୍ବତନ ମୁଖ୍ୟ ନ୍ୟାୟାଧୀଶ ନ୍ୟାୟମୂର୍ତ୍ତି ଏସ୍. ମୁରଲିଧରଙ୍କୁ କେନ୍ଦ୍ରୀୟ ଗାନ୍ଧୀ ସ୍ମାରକ ନିଧିର ନୂତନ ଟ୍ରଷ୍ଟି ଭାବରେ ନିଯୁକ୍ତ କରାଯାଇଛି। ତାଙ୍କ ନିଯୁକ୍ତିକୁ ନିଧିର ଅଧ୍ୟକ୍ଷ ରାମଚନ୍ଦ୍ର ରାହୀ, ସଚିବ ସଂଜୟ ସିଂହ, ଜାତୀୟ ଗାନ୍ଧୀ ସଂଗ୍ରହାଳୟର ନିର୍ଦ୍ଦେଶକ ଏ. ଅନ୍ନାମଲାଇ ଏବଂ ଗାନ୍ଧୀ ଶାନ୍ତି ପ୍ରତିଷ୍ଠାନର ଅଧ୍ୟକ୍ଷ କୁମାର ପ୍ରଶାନ୍ତ ସ୍ୱାଗତ ଜଣାଇଛନ୍ତି । ଏହି ଅବସରରେ ବରିଷ୍ଠ ଗାନ୍ଧୀବାଦୀ ଚିନ୍ତକ, ଶିକ୍ଷାବିତ୍ ଏବଂ ଲେଖିକା ଡ଼ଃ ବର୍ଷା ଦାସ, ଯିଏ ପ୍ରସିଦ୍ଧ ଚଳଚ୍ଚିତ୍ର ଅଭିନେତ୍ରୀ ନନ୍ଦିତା ଦାସଙ୍କ ମାଆ । ସେହିପରି ଗାନ୍ଧୀବାଦୀ ମୂଲ୍ୟବୋଧ ଏବଂ ସାଂସ୍କୃତିକ ଉନ୍ନୟନରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେଉଥିବା ଅଶୋକ ବାଜପେୟୀଙ୍କୁ ମଧ୍ୟ ନୂତନ ଟ୍ରଷ୍ଟି ରୂପେ ମନୋନୀତ କରାଯାଇଛି । ଏହି ଅବସରରେ ନିଧିର ଅଧ୍ୟକ୍ଷ ରାମଚନ୍ଦ୍ର ରାହୀ କହିଲେ, 'ନ୍ୟାୟମୂର୍ତ୍ତି ମୁରଲିଧରନ୍, ବର୍ଷା ଦାସ, ଅଶୋକ ବାଜପେୟୀଙ୍କ ନିଯୁକ୍ତି ଦ୍ୱାରା ଗାନ୍ଧୀବାଦୀ ମୂଲ୍ୟ ଏବଂ ଚିନ୍ତାଧାରା ଅଧିକ ଶକ୍ତିଶାଳୀ ହେବ। ଏହି ନୂତନ ଟ୍ରଷ୍ଟିମାନଙ୍କ ଅବଦାନ ଦ୍ୱାରା ଗାନ୍ଧୀବାଦୀ ଆନ୍ଦୋଳନ ଏବଂ ଏହାର ଆଦର୍ଶକୁ ଏକ ନୂତନ ଦିଗରେ ନେଇଯିବାର ଆଶା ରହିଛି।' ଏଠାରେ ଉଲ୍ଲେଖଯୋଗ୍ୟ ଯେ, ମହାତ୍ମା ଗାନ୍ଧୀଙ୍କ ମୃତ୍ୟୁର ପଞ୍ଚମ ଦିବସରେ ତତ୍କାଳୀନ ରାଷ୍ଟ୍ରପତି ଡ. ରାଜେନ୍ଦ୍ର ପ୍ରସାଦ, ପଣ୍ଡିତ ଜବାହାରଲାଲ ନେହେରୁ, ସର୍ଦ୍ଦାର ବଲ୍ଲଭ ଭାଇ ପଟେଲ, ଦେବଦାସ ଗାନ୍ଧୀ ଆଦିଙ୍କୁ ନେଇ ଏହି ଟ୍ରଷ୍ଟ ଗଠିତ ହୋଇଥିଲା ।

# ଆମ ସଂସ୍କୃତି ଆମ ଖେଳନା କର୍ମଶାଳା ଅନୁଷ୍ଠିତ

ନୟାଗଡ଼ ,(ପି.ଏନ): ରିପୋର୍ଟ- ସନାତନ ମହାକୁଡ଼। ନୟାଗଡ ଜିଲ୍ଲାର ଅନ୍ୟତମ ପୁରାତନ ବାମନ ଅବକାଶ ଉଚ୍ଚ ବିଦ୍ୟାଳୟ ରେ ପ୍ରଥମରୁ ଅଷ୍ଟମ ଶ୍ରେଣୀ ଛାତ୍ରଛାତ୍ରୀଙ୍କ ସୃଜନଶୀଳତା ର ବିକାଶ ନିମନ୍ତେ ଆମ ସଂସ୍କୃତି ଆମ ଖେଳନା କର୍ମଶାଳା ଓ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଶିକ୍ଷକ ମୃତ୍ୟୁଞ୍ଜୟ ଷଡ଼ଙ୍ଗୀ ଓ ସରୋଜ ସାହୁଙ୍କ ସଂଯୋଜନାକ୍ରମେ ଆୟୋଜିତ ଏହି କାର୍ଯ୍ୟକ୍ରମରେ କଣ୍ଢେଇ କାରିଗର ବାସନ୍ତୀ ଦେଇ ତଥା ସରୋଜିନୀ ପଲେଇ କଣ୍ଢେଇ ପ୍ରସ୍ତୁତି ଶୈଳୀ ଏବଂ ଚିତ୍ରଶିଳ୍ପୀ ହରିବନ୍ଧୁ ଦାସ ମାଟି ଖେଳନା ପ୍ରସ୍ତୁତି ର ଶୈଳୀ ବିଷୟରେ ଛାତ୍ରଛାତ୍ରୀଙ୍କୁ ପ୍ରଶିକ୍ଷିତ କରାଇଥିଲେ। ଦ୍ୱିତୀୟ ଦିବସରେ ବିଦ୍ୟାଳୟ ର ପ୍ରଧାନ ଶିକ୍ଷକ ପ୍ରସନ୍ନ କୁମାର ମହାପାତ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା ବାର୍ଷିକ ଉତ୍ସବ। ଏହି ଉତ୍ସବରେ ମୁଖ୍ୟଅତିଥି ଭାବେ ଇଟାମାଟିର ସରପଞ୍ଚ ସ୍ୱପ୍ନେଶ୍ୱରୀ ସେଠୀ ଏବଂ ସମ୍ମାନିତ ଅତିଥି ରୂପେ ପୁରାତନ ଛାତ୍ର ସଂଗଠନର ସଭାପତି ଶରତ କୁମାର ସାହୁ, ଏସ୍ ଏମ୍ ସି ଚେୟାରମ୍ୟାନ ଚନ୍ଦ୍ରମଣି ପ୍ରଧାନ, ସି ଆର୍ ସି ସି ସନ୍ତୋଷ କୁମାର ସାହୁ, ପୁରାତନ ଛାତ୍ର ସଂଗଠନ ସଂପାଦକ ଜଗନ୍ନାଥ ଦାସ, ପ୍ରାଧ୍ୟାପକ ରଂଗନାଥ ବେହେରା, ସମାଜସେବୀ ଉମେଶ ପଟ୍ଟନାୟକ, ଶିକ୍ଷାବିତ୍ କିଶୋର ଚନ୍ଦ୍ର ସାହୁ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀମାନଙ୍କ ଅନ୍ତର୍ନିହିତ ଗୁଣାବଳୀର ବିକାଶରେ ବିଦ୍ୟାଳୟ,ଶିକ୍ଷକ ଓ ଅଭିଭାବକଙ୍କ ଭୂମିକା ବିଷୟରେ ଆଲୋକପାତ କରିଥିଲେ।

# ଆରମ୍ଭ ହେଲା ବୟନିକାର ବିଶେଷ ରିହାତି ସୁବିଧା



ଭୁବନେଶ୍ୱର,(ପି.ଏନ): ଓଡିଶା ଦିବସ ଉପଲକ୍ଷେ ବିଶେଷସରକାରୀ ରିହାତି ଦରରେ ବୟନିକାର ବିକ୍ରୟ ଆଜିଠୁ ଆରମ୍ଭ ହୋଇଛି । ମାନ୍ୟବର ସମବାୟ, ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ମନ୍ତ୍ରୀ ଶ୍ରୀ ପ୍ରଦିପ ବଳ ସାମନ୍ତଏହି କାର୍ଯ୍ୟକ୍ରମର ଶୁଭାରମ୍ଭ କରି କହିଛନ୍ତି, ବୟନିକା ହସ୍ତତନ୍ତ ସାମଗ୍ରୀର ପ୍ରଚାର ପ୍ରସାର ଓ ବୁଣାକାରଙ୍କ ଆର୍ଥିକ ସମୃଦ୍ଧିକୁ ଦୃଷ୍ଟିରେ ରଖି ଏହି ପଦକ୍ଷେପ ନିଆଯାଇଛି । ଏହା ସହ ସେ କହିଛନ୍ତି, ହସ୍ତତନ୍ତ କ୍ଷେତ୍ରର ନିରନ୍ତର ଅଭିବୃଦ୍ଧି ଏବଂ ଅନ୍ତର୍ଜାତୀୟ ସ୍ୱୀକୃତି ସୁନିଶ୍ଚିତ କରିବା ସହିତ ଏହାର ସଂରକ୍ଷଣ ଏବଂ ପ୍ରୋତ୍ସାହନ ପାଇଁ ଓଡ଼ିଶା ସରକାର ପ୍ରତିବଦ୍ଧ ଅଛନ୍ତି । ଓଡ଼ିଶା ଦିବସ ପାଳନ ଅବସରରେ ଏହା ପର୍ଯ୍ୟଟକ ତଥା ଗ୍ରାହକମାନଙ୍କୁ ଓଡ଼ିଶାର ସମୃଦ୍ଧ ହସ୍ତତନ୍ତର ଐତିହ୍ୟ ସମ୍ପର୍କରେ ମଧ୍ୟ ପରିଚିତ କରାଇବ । ଏହି ସୁବିଧା ୨୭ ରୁ ୩୧ମାର୍ଚ୍ଚ ପର୍ଯ୍ୟନ୍ତ ଉପଲବ୍ଧ ହେବ । ସମସ୍ତ ହସ୍ତତନ୍ତ ଉତ୍ପାଦ ଉପରେ ୨୦% + ୧୦% + ୫% ବିଶେଷ ରିହାତିର ସୁବିଧା ମିଳିବ । ବୟନିକାର ସମସ୍ତ ବିକ୍ରୟ ଶାଖା, ସ୍ଥାନୀୟ ପ୍ରଦର୍ଶନୀ ପଡିଆରେ ଚାଲିଥିବା ଜାତୀୟ ହସ୍ତତନ୍ତ ମେଳାରେ ଖୋଲିଥିବା ବୟନିକା ଷ୍ଟଲ ଓ ଜନତା ମଇଦାନରେ ଚାଲିଥିବା ତୋଷାଳୀ ଜାତୀୟ ହସ୍ତଶିଳ୍ପ ମେଳାରେ ଥିବା ବୟନିକା ଷ୍ଟଲରେ ଏହି ବିଶେଷ ରିହାତି ସୁବିଧା ଉପଲବ୍ଧ ହେବ । ବୟନ ଭବନ ସ୍ଥିତ "ବୟନିକା ଅନନ୍ୟ" ଶାଖାରେ ରାତି ୧୧ଟା ରୁ ସକାଳ ୭ଟା ପର୍ଯ୍ୟନ୍ତ ବିକ୍ରୟ ଉପରେ ଅତିରିକ୍ତ ୫% ରିହାତି (୨୦% + ୧୦% + ୫%+ ୫%) ସୁବିଧା ମିଳିବ । ବୟନିକା ଅନନ୍ୟ ଶାଖା ରାତ୍ରୀ ବଜାର ସମୟରେ ଶାସ୍ତ୍ରୀୟ ସଂଗୀତ ପ୍ରଦର୍ଶନ, ଲାଇଭ୍ ଲୁମ୍ ପ୍ରଦର୍ଶନ ଏବଂ ଖାଦ୍ୟ କାଉଣ୍ଟରବ୍ୟବସ୍ଥା ରହିବ । ବିଳମ୍ବିତ ରାତିରେ ପରିଦର୍ଶକମାନଙ୍କ ପାଇଁ ଏକ ଜୀବନ୍ତ ଓ ଆକର୍ଷଣୀୟ ପରିବେଶ ସୃଷ୍ଟି ସହ ସପିଂ ଅନୁଭବକୁ ବୃଦ୍ଧି କରିବା ଲକ୍ଷ୍ୟରେ ଏହି ଆୟୋଜନ ବୟନିକା ପକ୍ଷରୁ ଗ୍ରହଣ କରାଯାଇଛି ।

ଏହି କାର୍ଯ୍ୟକ୍ରମରେ ବିଭାଗୀୟ କମିଶନର ତଥା ଶାସନ ସଚିବଗୁହା ପୁନମ ତାପସ କୁମାର, ବୟନ ଓ ହସ୍ତତନ୍ତ ନିର୍ଦ୍ଦେଶକ ପ୍ରେମ ଚନ୍ଦ୍ର ଚୌଧାରୀ, ବୟନିକାର ସଭାପତି ପ୍ରକାଶ ଚନ୍ଦ୍ର ମେହେର, ଉତ୍କଳିକାର ପରିଚାଳନା ନିର୍ଦ୍ଦେଶକ ତଥା ସ୍ୱତନ୍ତ୍ର ଶାସନ ସଚିବମଧୁମିତା ରଥ, ହସ୍ତଶିଳ୍ପନିର୍ଦ୍ଦେଶକ ତଥା ବୟନିକାର ପରିଚାଳନା ନିର୍ଦ୍ଦେଶକପ୍ରଣତି ଛୋଟରାୟ,ଅତିରିକ୍ତ ଶାସନ ସଚିବବିକ୍ରମାଦିତ୍ୟ ବାରିକ, ବୟନିକାର ସାଧାରଣ ପ୍ରବନ୍ଧକ ତଥା ସମ୍ପାଦକ ସୁଷମା ବାରିକ, ବୟନିକାର ବରିଷ୍ଠ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ । ସମସ୍ତ ପୃଷ୍ଠପୋଷକ ଓ ଗ୍ରାହକମାନେ ଆଗେଇ ଆସି ଖଣ୍ଡିଏ ଖଣ୍ଡିଏ ହସ୍ତତନ୍ତ ସାମଗ୍ରୀ କିଣି ନେଇ ଓଡିଶାର ଏହି ସମୃଦ୍ଧ ପରମ୍ପରାକୁ ଆଗେଇ ନେବାକୁ ମାନ୍ୟବର ମନ୍ତ୍ରୀ ନିବେଦନ କରିଛନ୍ତି ।

ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V
25% reservation as per RTE Act (2009)

FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities
TUITION CLASSES
for Std I to Std V
Timing: 5 PM to 6.30 PM
MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884, 2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-7510 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-7515, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray